"ତୁମେ ସର୍ବାନ୍ତଃକରଣ  ସହିତ ମୋର ଅନୁସନ୍ଧାନ କଲେ ମୋର ସନ୍ଧାନ ପାଇବ" ।

# ଈଶ୍ୱରଙ୍କୁ
# ଜାଣିବ  କିପରି

# ଈଶ୍ୱରଙ୍କୁ ଜାଣିବା କିପରି

ଅବ୍ରହାମ ନାମକ ଜଣେ ବ୍ୟକ୍ତି ଥିଲେ ଯେ କି ନିଜର ଆନୁଗତ୍ୟ ଓ ବାଧ୍ୟତା ପାଇଁ 'ଈଶ୍ୱରଙ୍କର ବନ୍ଧୁ' ବୋଲି ଖ୍ୟାତ ହୋଇଥିଲେ । ଅବ୍ରହାମଙ୍କ ପରି ଆପଣ ମଧ୍ୟ ଈଶ୍ୱରଙ୍କୁ ବ୍ୟକ୍ତିଗତ ଭାବେ ଜାଣିପାରିବେ ଓ ତାଙ୍କ ଦୟା, ଶାନ୍ତି ଓ ଆଶୀର୍ବାଦର ଅଧିକାରୀ ହୋଇ ପାରିବେ । ତାଙ୍କଠାରେ ନିଜକୁ ସମର୍ପଣ କରି ବିଶ୍ୱାସ ଦ୍ୱାରା ଈଶ୍ୱରଙ୍କୁ ଜାଣିବା ହେଉଛି ଜୀବନର ସର୍ବଶ୍ରେଷ୍ଠ ଅନୁଭୂତି । ସର୍ବାନ୍ତଃକରଣ ସହିତ ଈଶ୍ୱରଙ୍କୁ ଅନୁସନ୍ଧାନ କରୁଥିବା ବ୍ୟକ୍ତିମାନଙ୍କ ନିକଟରେ ଈଶ୍ୱର ଯେ ଆତ୍ମପ୍ରକାଶ କରନ୍ତି, ଏହା ସବୁଠାରୁ ଆଶ୍ଚର୍ଯ୍ୟ ବିଷୟ ।

ଆପଣ ଯଦି ବାସ୍ତବରେ ନିଜର ସ୍ୱେଚ୍ଛାକୃତ ପଥ ଛାଡି ଈଶ୍ୱରଙ୍କ ପ୍ରତି ଫେରିବେ ଓ ତାଙ୍କଠାରେ ନିଜକୁ ଅର୍ପଣ କରିବେ, ତା'ହେଲେ ତାଙ୍କର ଆତ୍ମା ଆପଣଙ୍କଠାରେ ବାସ କରିବେ । ସେ ଆପଣଙ୍କର ଈଶ୍ୱର ହେବେ ଓ ଆପଣ ତାଙ୍କର ଅମୂଲ୍ୟ ଧନ ହୋଇ ରହିବେ । ଆପଣ ଅନୁଭବ କରିବେ ଯେ ସେ ଆପଣଙ୍କୁ ନିଜସ୍ୱ ସନ୍ତାନ କରିବା ପାଇଁ ମହାମୂଲ୍ୟ ଦେଇ କିଣିଛନ୍ତି ।

ଏହି କ୍ଷୁଦ୍ର ପୁସ୍ତିକାଟି ପଢ଼ିବା ସମୟରେ ଦିବ୍ୟଜ୍ଞାନ ପାଇବା ପାଇଁ ପ୍ରାର୍ଥନା କରନ୍ତୁ, କାରଣ ଏଥିରେ ମୁଦ୍ରିତ ସମସ୍ତ ବାଣୀ 'ଈଶ୍ୱରଙ୍କ ବାକ୍ୟରୁ' ଉଦ୍ଧୃତ କରଯାଇଛି । ଈଶ୍ୱର ତାଙ୍କର ପବିତ୍ର ବ୍ୟକ୍ତିମାନଙ୍କୁ ଅନୁପ୍ରାଣିତ କରି ଏହି ପବିତ୍ର ବାକ୍ୟ ଲିପିବଦ୍ଧ କରିଥିଲେ ଓ ଏହାକୁ ଧ୍ୱଂସ କରିବା ପାଇଁ ଶୟତାନର ଶତ ଚେଷ୍ଟାକୁ ପ୍ରତିହତ କରି ଆବହମାନ କାଳରୁ ଏହାକୁ ସଂରକ୍ଷିତ କରି ରଖିଛନ୍ତି ।

---

ଏହି ପୁସ୍ତିକାରେ ଥିବା ସମସ୍ତ ବାକ୍ୟ, ବାଇବଲରୁ; ଅର୍ଥାତ୍ ତୋରା, ଗୀତ ସଂହିତା, (ଜାବୁର୍) ଭବିଷ୍ୟଦ୍‌ବକ୍ତାମାନଙ୍କର ଭାବବାଣୀ ଓ ସୁସମାଚାରରୁ (ଇଞ୍ଜିଲ୍) ଉଦ୍ଧୃତ ହୋଇଛି ।

# ଏକମାତ୍ର ସତ୍ୟ ଈଶ୍ୱର

''ସଦାପ୍ରଭୁ ଆମ୍ଭମାନଙ୍କ ପରମେଶ୍ୱର ଏକମାତ୍ର ସଦାପ୍ରଭୁ ଅଟନ୍ତି । ଏନିମନ୍ତେ ତୁମ୍ଭେ ଆପଣା ସମସ୍ତ ଅନ୍ତଃକରଣ ଓ ସମସ୍ତ ପ୍ରାଣ ଓ ସମସ୍ତ ଶକ୍ତି ସହିତ ସଦାପ୍ରଭୁ ତୁମ୍ଭ ପରମେଶ୍ୱରଙ୍କୁ ପ୍ରେମ କରିବ ।'' ଦ୍ୱି.ବିବ. ୬:୪(ଖ), ୫

''କାରଣ ଆକାଶମଣ୍ଡଳର ସୃଷ୍ଟିକର୍ତ୍ତା ସଦାପ୍ରଭୁ ଏରୂପ କହନ୍ତି; ସେ ପରମେଶ୍ୱର ଅଟନ୍ତି; ସେ ପୃଥିବୀକି ନିର୍ମାଣ କରି ପ୍ରସ୍ତୁତ କଲେ; ସେ ତାହା ସ୍ଥାପନ କଲେ, ସେ ତାହା ଶୂନ୍ୟ କରି ସୃଷ୍ଟି ନ କରି ବସତି ସ୍ଥାନ ହେବା ପାଇଁ ନିର୍ମାଣ କଲେ, ଆମ୍ଭେ ସଦାପ୍ରଭୁ, ଆଉ ଦ୍ୱିତୀୟ କେହି ନାହିଁ ।''

ଯିଶାଇୟ ୪୫:୧୮

''ତହିଁରେ ସଦାପ୍ରଭୁ ଯେ ପରମେଶ୍ୱର, ତାହାଙ୍କ ଛଡ଼ା ଅନ୍ୟ ନାହିଁ, ଏହା ପୃଥିବୀସ୍ଥ ସମୁଦାୟ ଗୋଷ୍ଠୀ ଜ୍ଞାତ ହେବେ ।'' ପ୍ର. ରାଜା. ୮:୬୦

''ଆମ୍ଭେ ସଦାପ୍ରଭୁ; ଏହି ଆମ୍ଭର ନାମ; ପୁଣି ଆମ୍ଭେ ଆପଣା ଗୌରବ ଅନ୍ୟକୁ, କିଅବା ଆପଣା ପ୍ରଶଂସା ଖୋଦିତ ପ୍ରତିମାଗଣକୁ ଦେବୁ ନାହିଁ ।'' ଯିଶାଇୟ ୪୨:୮

ସଦାପ୍ରଭୁ କହନ୍ତି, ତୁମ୍ଭେମାନେ ଯେପରି ଜାଣି ଆମ୍ଭଠାରେ ବିଶ୍ୱାସ କରିବ ଓ ଆମ୍ଭେ ସେହି ଅଟୁ ବୋଲି ବୁଝିବ, ଏଥିପାଇଁ ତୁମ୍ଭେମାନେ ଆମ୍ଭର ସାକ୍ଷୀ ଓ ଆମ୍ଭର ମନୋନୀତ ଦାସ ଅଟ; ଆମ୍ଭ ପୂର୍ବରେ କୌଣସି ଈଶ୍ୱର ନିର୍ମିତ ନୋହିଲା, କିଅବା ଆମ୍ଭ ଉତ୍ତାରେ ନୋହିବ । ଆମ୍ଭେ, ଆମ୍ଭେହିଁ ସଦାପ୍ରଭୁ ଅଟୁ; ଓ ଆମ୍ଭ ଛଡ଼ା ଆଉ ତ୍ରାଣକର୍ତ୍ତା ନାହିଁ । ଯିଶାଇୟ ୪୩:୧୦–୧୧

ହେ ପୃଥିବୀର ପ୍ରାନ୍ତସ୍ଥ ସମସ୍ତେ, ତୁମ୍ଭେମାନେ ଆମ୍ଭ ପ୍ରତି ଅନାଇ ପରିତ୍ରାଣ ପ୍ରାପ୍ତ ହୁଅ; କାରଣ ଆମ୍ଭେ ପରମେଶ୍ୱର, ଆମ୍ଭ ଛଡ଼ା ଦ୍ୱିତୀୟ ନାହିଁ । ଯିଶାଇୟ ୪୫:୨୨

# ଈଶ୍ୱର ଦୟାମୟ

''ସଦାପ୍ରଭୁ ସ୍ନେହଶୀଳ ଓ କୃପାମୟ, କ୍ରୋଧରେ ଧୀର ଓ ଅତ୍ୟନ୍ତ ଦୟାଳୁ । କାରଣ ପୃଥିବୀରୁ ଆକାଶମଣ୍ଡଳ ଯେମନ୍ତ ଉଚ୍ଚ, ତେମନ୍ତ ତାହାଙ୍କ ଭୟକାରୀମାନଙ୍କ ପ୍ରତି ତାହାଙ୍କ ଦୟା ମହତ ।'' ଗୀତସଂହିତା ୧୦୩:୮, ୧୧

''ମାତ୍ର ସଦାପ୍ରଭୁଙ୍କ ଦୟା ଅନାଦି କାଳରୁ ଅନନ୍ତକାଳ ପର୍ଯ୍ୟନ୍ତ ଆପଣା ଭୟକାରୀମାନଙ୍କ ପ୍ରତି ଥାଏ, ... ପୁଣି ପାଳନାର୍ଥେ ତାହାଙ୍କ ବିଧିସବୁ ସ୍ମରଣ କରନ୍ତି ।''

ଗୀତସଂହିତା ୧୦୩:୧୭(କ), ୧୮(କ)

''ତୁମ୍ଭ ତୁଲ୍ୟ ପରମେଶ୍ୱର କିଏ ? ତୁମ୍ଭେ ଅଧର୍ମ କ୍ଷମା କରିଥାଅ ... କାରଣ ସେ ଦୟାରେ ସନ୍ତୁଷ୍ଟ ଥାଆନ୍ତି ।''

ମୀଖା ୭:୧୮

''ସଦାପ୍ରଭୁଙ୍କର ବିବିଧ ଦୟା ସକାଶୁ ଆମ୍ଭେମାନେ ବିନଷ୍ଟ ହୋଇନାହୁଁ, କାରଣ ତାହାଙ୍କର କରୁଣା ଶେଷ ହୁଏ ନାହିଁ । ସେସବୁ ପ୍ରତି ପ୍ରଭାତରେ ନୂତନ, ତୁମ୍ଭର ବିଶ୍ୱସ୍ତତା ମହତ ।'' ବିଳାପ ୩:୨୨–୨୩

''କାରଣ ଯଦ୍ୟପି ସେ ଦୁଃଖ ଘଟାନ୍ତି, ତଥାପି ଆପଣାର ଅପାର ଦୟାନୁସାରେ ସେ କରୁଣା କରିବେ ।''

ବିଳାପ ୩:୩୨

''ଦୟାଳୁ ପ୍ରତି ତୁମ୍ଭେ ଆପଣାକୁ ଦୟାଳୁ ଦେଖାଇବେ ।''

ଗୀତ ୧୮:୨୫ (କ)

''ସଦାପ୍ରଭୁଙ୍କର ଧନ୍ୟବାଦ କର, କାରଣ ସେ ମଙ୍ଗଳମୟ, କାରଣ ତାହାଙ୍କର ଦୟା ଅନନ୍ତକାଳ ସ୍ଥାୟୀ ।''

ପ୍ରଥମ ବଂଶାବଳୀ ୧୬:୩୪

''କାରଣ ତୁମ୍ଭେ ଯେ କୃପାମୟ, ସ୍ନେହଶୀଳ, କ୍ରୋଧରେ ଧୀର, ଦୟାରେ ମହାନ ଓ ଅମଙ୍ଗଳର ବିଷୟରେ ଅନୁତାପକାରୀ ପରମେଶ୍ୱର ଅଟ, ଏହା ମୁଁ ଜାଣିଲି ।''

ଯୂନସ ୪:୨ (ଖ)

# ଈଶ୍ୱର ତୁମକୁ ପ୍ରେମ କରନ୍ତି

''ସଦାପ୍ରଭୁ ପୁରାତନ କାଳରେ ମୋତେ ଦର୍ଶନ ଦେଇ କହିଲେ, ହଁ, ଆମ୍ଭେ ଚିରସ୍ଥାୟୀ ପ୍ରେମରେ ତୁମ୍ଭକୁ ପ୍ରେମ କରି ଆସିଅଛୁ, ଏହେତୁ ସ୍ନେହପୂର୍ଣ୍ଣ କରୁଣାରେ ଆମେ ତୁମକୁ ଆକର୍ଷଣ କରିଅଛୁ ।'' ଯିରିମିୟ ୩୧:୩

''କାରଣ ସଦାପ୍ରଭୁ କହନ୍ତି, ତୁମ୍ଭମାନଙ୍କ ପକ୍ଷରେ ଆମ୍ଭେ ଯେସକଳ ସଙ୍କଳ୍ପ କରିଅଛୁ, ତାହା ଆମ୍ଭେ ଜାଣୁ, ତୁମ୍ଭ–ମାନଙ୍କର ଅନ୍ତିମ କାଳରେ ତୁମ୍ଭମାନଙ୍କୁ ଭରସା ଦେବା ନିମନ୍ତେ ସେସବୁ ଅମଙ୍ଗଳର ନୁହେଁ, ମଙ୍ଗଳର ସଙ୍କଳ୍ପ ଅଟେ ।'' ଯିରିମିୟ ୨୯:୧୧

''ପିତା ଆପଣା ସନ୍ତାନଗଣ ପ୍ରତି ଯେରୂପ ସ୍ନେହ ବହଇ, ସଦାପ୍ରଭୁ ଆପଣା ଭୟକାରୀମାନଙ୍କ ପ୍ରତି ସେରୂପ ସ୍ନେହ ବହନ୍ତି ।'' ଗୀତ ୧୦୩:୧୩

''ସଦାପ୍ରଭୁ କହନ୍ତି, ଆମ୍ଭେ ତୁମ୍ଭମାନଙ୍କୁ ପ୍ରେମ କରିଅଛୁ ।'' ମଲାଖି ୧:୨ (ଖ)

''ଦେଖ, ମୁଁ ଆପଣାର ଶାନ୍ତି ନିମନ୍ତେ ବଡ଼ ଦୁଃଖ ପାଇଲି, ମାତ୍ର ତୁମ୍ଭେ ମୋ' ପ୍ରାଣ ପ୍ରତି ପ୍ରେମ କରି ବିନାଶ ରୂପରୁ ତାହାକୁ ଉଦ୍ଧାର କଲ ।'' ଯିଶାଇୟ ୩୮:୧୭

''ପୁଣି ଆମ୍ଭମାନଙ୍କ ପ୍ରତି ଈଶ୍ୱରଙ୍କର ଯେଉଁ ପ୍ରେମ ଅଛି, ତାହା ଆମ୍ଭେମାନେ ଜାଣିଅଛୁ ଓ ବିଶ୍ୱାସ କରିଅଛୁ । ସେ ପ୍ରଥମରେ ଆମ୍ଭମାନଙ୍କୁ ପ୍ରେମ କରିବାରୁ ଆମ୍ଭେମାନେ ପ୍ରେମ କରୁ ।'' ୧ ଯୋହନ ୪:୧୬ (କ), ୧୯

''ସଦାପ୍ରଭୁ ତୁମ୍ଭର ପରମେଶ୍ୱର ତୁମ୍ଭର ମଧ୍ୟବର୍ତ୍ତୀ ଅଟନ୍ତି, ସେ ବୀର, ଯେ କି ପରିତ୍ରାଣ କରିବେ, ସେ ତୁମ୍ଭ ବିଷୟରେ ପରମ ଆନନ୍ଦ କରିବେ, ସେ ଆପଣା ସ୍ନେହଭରରେ ନୀରବ ହେବେ, ସେ ଗାନ କରି ତୁମ୍ଭ ବିଷୟରେ ଉଲ୍ଲାସ କରିବେ ।'' ସିଫନୀୟ ୩:୧୭

''ହେ ପରମେଶ୍ୱର, ତୁମ୍ଭର ସ୍ନେହପୂର୍ଣ୍ଣ କରୁଣା କେମନ୍ତ ବହୁମୂଲ୍ୟ ।'' ଗୀତ ୩୬:୭ (କ)

''ମାତ୍ର ଯେଉଁ ଲୋକମାନେ ଆପଣା ପରମେଶ୍ୱରଙ୍କୁ ଜାଣନ୍ତି, ସେମାନେ ବଳବାନ୍ ହେବେ ଓ ମହତ୍ କର୍ମ କରିବେ ।'' ଦାନିୟେଲ ୧୧:୩୨ (ଖ)

''ମାତ୍ର ଯେବେ କେହି ଦର୍ପ କରଇ, ତେବେ ସେ ଆମ୍ଭଙ୍କୁ ଚିହ୍ନେ ଓ ଜାଣେ ବୋଲି ଦର୍ପ କରୁ, ଆମ୍ଭେ ସଦାପ୍ରଭୁ ପୃଥିବୀରେ ସ୍ନେହପୂର୍ଣ୍ଣ କରୁଣା, ବିଚାର ଓ ଧର୍ମସାଧନ କରୁ; କାରଣ ସଦାପ୍ରଭୁ କହନ୍ତି, ଏସବୁରେ ଆମ୍ଭର ସନ୍ତୋଷ ଥାଏ ।'' ଯିରିମିୟ ୯:୨୪

''ଯେଉଁମାନେ ତାହାଙ୍କ ପ୍ରମାଣ-ବାକ୍ୟସବୁ ପାଳନ କରନ୍ତି, ଯେଉଁମାନେ ସର୍ବାନ୍ତଃକରଣରେ ତାହାଙ୍କୁ ଲୋଡ଼ନ୍ତି, ସେମାନେ ଧନ୍ୟ ।'' ଗୀତ. ୧୧୯:୨

''ମୁଁ ତୁମ୍ଭ ସମ୍ମୁଖରେ ଜୀବନ ଓ ମରଣ, ଆଶୀର୍ବାଦ ଓ ଅଭିଶାପ ରଖିଲି; ଏନିମନ୍ତେ ତୁମ୍ଭେ ଓ ତୁମ୍ଭର ବଂଶ ଯେମନ୍ତ ବଞ୍ଚିବେ, ଏଥିପାଇଁ ଜୀବନ ମନୋନୀତ କର, ଅର୍ଥାତ୍ ସଦାପ୍ରଭୁ ଆପଣା ପରମେଶ୍ୱରଙ୍କୁ ପ୍ରେମ କରିବାକୁ ଓ ତାହାଙ୍କ ରବରେ ଅବଧାନ କରିବାକୁ ଓ ତାହାଙ୍କଠାରେ ଆସକ୍ତ ହେବାକୁ (ମନୋନୀତ କର); କାରଣ ସେ ତୁମ୍ଭର ଜୀବନ ଓ ଦୀର୍ଘ ପରମାୟୁ ଅଟନ୍ତି ।'' ଦ୍ୱି.ବିବ. ୩୦:୧୯(ଖ), ୨୦(କ)

''କାରଣ ବଳିଦାନ ନୁହେଁ, ମାତ୍ର ଦୟା; ଓ ହୋମ ଅପେକ୍ଷା ପରମେଶ୍ୱର ବିଷୟକ ଜ୍ଞାନ ବାସନା କରୁ ।''

ହୋଶେୟ ୬:୬

''ହରିଣୀ ଯେରୂପ ଜଳସ୍ରୋତ ପାଇଁ ଧକାଏ, ସେରୂପ ହେ ପରମେଶ୍ୱର ମୋ' ପ୍ରାଣ ତୁମ୍ଭ ପାଇଁ ଧକାଏ ।''

ଗୀତ. ୪୨:୧

''ସେତେବେଳେ ସେ କହିଲେ, ଆମ୍ଭର ଶ୍ରୀମୁଖ ତୁମ୍ଭ ସହିତ ଗମନ କରିବେ, ପୁଣି ଆମ୍ଭେ ତୁମ୍ଭଙ୍କୁ ବିଶ୍ରାମ ଦେବା ।''

ଯାତ୍ରା ୩୩:୧୪

''ତୁମ୍ଭେମାନେ ସଦାପ୍ରଭୁଙ୍କ ସଙ୍ଗେ ଥିବାଯାଏ ସେ ତୁମ୍ଭମାନଙ୍କ ସଙ୍ଗେ ଅଛନ୍ତି; ... ମାତ୍ର ଯେବେ ତୁମ୍ଭେମାନେ ତାହାଙ୍କୁ ପରିତ୍ୟାଗ କରିବ, ତେବେ ସେ ତୁମ୍ଭମାନଙ୍କୁ ପରିତ୍ୟାଗ କରିବେ ।'' ଦ୍ୱି.ବଂଶା. ୧୫:୨ (ଖ)

''ଅନ୍ତଃକରଣ ସବୁଠାରୁ କପଟମୟ ଓ ଅପ୍ରତୀ କାର୍ଯ୍ୟ ରୂପେ ପୀଡ଼ିତ, କିଏ ତାହା ଜାଣିପାରେ ?''

ଯିରିମିୟ ୧୭:୯

''ମନୁଷ୍ୟର ଦୃଷ୍ଟିରେ କୌଣସି କୌଣସି ପଥ ସରଳ ଦିଶେ, ମାତ୍ର ତହିଁର ଶେଷରେ ମୃତ୍ୟୁର ପଥ ଥାଏ ।''

ହିତୋପଦେଶ ୧୬:୨୫

''କାରଣ ଈଶ୍ୱର ପାପରେ ପତିତ ଦୂତମାନଙ୍କୁ ନ ଛାଡ଼ି ନରକରେ ନିକ୍ଷେପ କରି ବିଚାର ନିମନ୍ତେ ଅନ୍ଧକାରମୟ ଗହ୍ୱରରେ ରଖିଅଛନ୍ତି; ଏହି ପ୍ରକାରେ ପ୍ରଭୁ ଧର୍ମପରାୟଣମାନଙ୍କୁ ପରୀକ୍ଷାରୁ ରକ୍ଷା କରିବାକୁ, ପୁଣି ଅଧାର୍ମିକମାନଙ୍କୁ, ବିଶେଷତଃ ଯେଉଁମାନେ ଶରୀରର କୁତ୍ସିତ କାମାଭିଳାଷରେ ଚାଳିତ ହୋଇ ପ୍ରଭୁତ୍ୱ ଅବଜ୍ଞା କରନ୍ତି, ସେମାନଙ୍କୁ ବିଚାରଦିନ ନିମନ୍ତେ ଦଣ୍ଡର ଅଧୀନରେ ରଖିବାକୁ ଜାଣନ୍ତି ।'' ୨ ପିତର ୨:୪,୯

''ମାତ୍ର ଯେବେ ତୁମ୍ଭେମାନେ ସଦାପ୍ରଭୁଙ୍କ ରବ ନ ଶୁଣିବ ଓ ସଦାପ୍ରଭୁଙ୍କ ଆଜ୍ଞାର ବିଦ୍ରୋହାଚରଣ କରିବ, ତେବେ ସଦାପ୍ରଭୁଙ୍କ ହସ୍ତ ଯେମନ୍ତ ତୁମ୍ଭମାନଙ୍କ ପୂର୍ବପୁରୁଷଗଣର ପ୍ରତିକୂଳରେ ଥିଲା, ତେମନ୍ତ ତୁମ୍ଭମାନଙ୍କ ପ୍ରତିକୂଳରେ ହେବ ।'' ୧ ଶାମୁଏଲ ୧୨:୧୫

''କେହି ଯେବେ ମୋ'ଠାରେ ନ ରହେ, ତାହା ହେଲେ ସେ ଶାଖା ପରି ବାହାରେ ପକାଇ ଦିଆଯାଏ ଓ ଶୁଖିଯାଏ, ପୁଣି ଲୋକେ ସେଗୁଡ଼ାକ ଏକାଠି କରି ନିଆଁରେ ପକାଇ ଦିଅନ୍ତି ଓ ସେଗୁଡ଼ାକ ପୋଡ଼ିଯାଏ ।'' ଯୋହନ ୧୫:୬

''ମାତ୍ର ଅଧର୍ମାଚାରୀମାନେ ଏକାବେଳେ ବିନଷ୍ଟ ହେବେ; ଦୁଷ୍ଟର ଶେଷଫଳ ଉଚ୍ଛିନ୍ନ ହେବ ।'' ଗୀତ. ୩୭:୩୮

''ଆଉ, ତୁମ୍ଭେମାନେ ଆମ୍ଭଙ୍କୁ ଅନ୍ୱେଷଣ କରିବ ଓ ସର୍ବାନ୍ତଃକରଣ ସହିତ ଆମ୍ଭଙ୍କୁ ଖୋଜିଲେ ଆମ୍ଭର ଉଦ୍ଦେଶ୍ୟ ପାଇବ ।'' ଯିରିମିୟ ୨୯:୧୩

''ଯେବେ ରୂପା ନ୍ୟାୟ ତାକୁ ଖୋଜ ଓ ପୋତାଧନ ପରି ତାହାର ଅନ୍ୱେଷଣ କର; ତେବେ ତୁମ୍ଭେ ସଦାପ୍ରଭୁଙ୍କ ବିଷୟକ ଭୟ ବୁଝିବ ଓ ପରମେଶ୍ୱରଙ୍କ ବିଷୟକ ତତ୍ତ୍ୱଜ୍ଞାନ ପାଇବ ।'' ହିତୋପଦେଶ ୨:୪, ୫

''ମାଗ, ସେଥିରେ ତୁମ୍ଭମାନଙ୍କୁ ଦିଆଯିବ; ଖୋଜ, ସେଥିରେ ତୁମ୍ଭେମାନେ ସନ୍ଧାନ ପାଇବ; ଦ୍ୱାରରେ ମାର, ସେଥିରେ ତୁମ୍ଭମାନଙ୍କ ନିମନ୍ତେ ଫିଟାଇ ଦିଆଯିବ ।'' ମାଥିଉ ୭:୭

''ଆଉ ବିଶ୍ୱାସ ବିନା ତାହାଙ୍କ ସନ୍ତୋଷପାତ୍ର ହେବା ଅସମ୍ଭବ, କାରଣ ଈଶ୍ୱର ଯେ ଅଛନ୍ତି, ଆଉ ସେ ଯେ ତାହାଙ୍କ ଅନ୍ୱେଷଣକାରୀମାନଙ୍କର ପୁରସ୍କାରଦାତା, ଏହା ତାହାଙ୍କ ଛାମୁକୁ ଆସିବା ଲୋକର ବିଶ୍ୱାସ କରିବା ଆବଶ୍ୟକ ।'' ଏବ୍ରୀ ୧୧:୬

''ଯେଉଁମାନେ ମୋତେ ପ୍ରେମ କରନ୍ତି, ମୁଁ ସେମାନଙ୍କୁ ପ୍ରେମ କରେ, ପୁଣି ଯେଉଁମାନେ ଯତ୍ନରେ ମୋହର ଅନ୍ୱେଷଣ କରନ୍ତି, ସେମାନେ ମୋତେ ପାଇବେ ।'' ହିତୋ. ୮:୧୭

''ଯେଉଁମାନେ ସଦାପ୍ରଭୁଙ୍କ ପାଇଁ ଅପେକ୍ଷା କରନ୍ତି, ଯେଉଁ ପ୍ରାଣ ତାହାଙ୍କର ଅନ୍ୱେଷଣ କରେ, ତାହା ପ୍ରତି ସେ ମଙ୍ଗଳମୟ ଅଟନ୍ତି ।'' ବିଳାପ ୩:୨୫

''ଆଉ, ସେ ପୃଥିବୀର ସର୍ବତ୍ର ବାସ କରିବା ନିମନ୍ତେ ଏକ ବ୍ୟକ୍ତିଠାରୁ ସମସ୍ତ ମାନବଜାତି ସୃଷ୍ଟି କରିଅଛନ୍ତି; ସେମାନେ ଯେପରି ଈଶ୍ୱରଙ୍କର ଅନ୍ୱେଷଣ କରି କାଳେ ଦରାଣ୍ଡି ଦରାଣ୍ଡି ତାହାଙ୍କର ଉଦ୍ଦେଶ୍ୟ ପାଇ ପାରନ୍ତି, ଯଦ୍ୟପି ସେ ଆମ୍ଭ-ମାନଙ୍କର କାହାରିଠାରୁ ଦୂରରେ ନାହାନ୍ତି ।''

ପ୍ରେରିତ ୧୭:୨୬(କ),୨୭

''ମାତ୍ର ମୁଁ ପରମେଶ୍ୱରଙ୍କର ଅନ୍ୱେଷଣ କରିବି ଓ ମୁଁ ଆପଣା ବିଷୟ ପରମେଶ୍ୱରଙ୍କଠାରେ ସମର୍ପଣ କରିବି ।'' ଆୟୁବ ୫:୮

''ଯେଣୁ ସଦାପ୍ରଭୁ ତୁମ୍ଭମାନଙ୍କ ପରମେଶ୍ୱର କୃପାମୟ ଓ ଦୟାଳୁ ଅଟନ୍ତି, ଯେବେ ତୁମ୍ଭେମାନେ ତାହାଙ୍କ ପ୍ରତି ଫେରିବ, ତେବେ ସେ ତୁମ୍ଭମାନଙ୍କଠାରୁ ଆପଣା ମୁଖ ଫେରାଇବେ ନାହିଁ ।'' ଦ୍ୱି.ବଂଶା. ୩୦:୯ (ଖ)

''ଯେହେତୁ ହେ ପ୍ରଭୋ, ତୁମ୍ଭେ ମଙ୍ଗଳମୟ ଓ କ୍ଷମା କରିବାକୁ ପ୍ରସ୍ତୁତ, ପୁଣି ତୁମ୍ଭ ନିକଟରେ ପ୍ରାର୍ଥନାକାରୀ ସମସ୍ତଙ୍କ ପ୍ରତି ଦୟାରେ ମହାନ ।'' ଗୀତ ୮୬:୫

''ଈଶ୍ୱରଙ୍କର ନିକଟବର୍ତ୍ତୀ ହୁଅ, ସେଥିରେ ସେ ତୁମ୍ଭ-ମାନଙ୍କର ନିକଟବର୍ତ୍ତୀ ହେବେ ।'' ଯାକୁବ ୪:୮(କ)

''ସଦାପ୍ରଭୁ ଆପଣା ନିକଟରେ ପ୍ରାର୍ଥନାକାରୀ, ସତ୍ୟ ଭାବରେ ପ୍ରାର୍ଥନାକାରୀ ସମସ୍ତଙ୍କର ନିକଟବର୍ତ୍ତୀ ଅଟନ୍ତି ।'' ଗୀତ ୧୪୫:୧୮

''ସଦାପ୍ରଭୁ କହନ୍ତି, ଆସ, ଆମ୍ଭେମାନେ ଉତ୍ତର ପ୍ରତ୍ୟୁତ୍ତର କରୁ; ତୁମ୍ଭମାନଙ୍କର ପାପସବୁ ସିନ୍ଦୂରବର୍ଣ୍ଣ ପରି ହେଲେହେଁ ହିମ ପରି ଶୁକ୍ଳବର୍ଣ୍ଣ ହେବ; ସେସବୁ ଲୋହିତବର୍ଣ୍ଣ ପରି ରଙ୍ଗ ହେଲେହେଁ ମେଷଲୋମ ପରି ହେବ ।'' ଯିଶା. ୧:୧୮

ହେ ପରିଶ୍ରାନ୍ତ ଓ ଭାରଗ୍ରସ୍ତ ଲୋକ ସମସ୍ତେ, ମୋ' ନିକଟକୁ ଆସ, ମୁଁ ତୁମ୍ଭମାନଙ୍କୁ ବିଶ୍ରାମ ଦେବି । ମୋହର ଜୁଆଳି ଆପଣା ଆପଣା ଉପରେ ଘେନ, ପୁଣି ମୋ' ନିକଟରୁ ଶିଖ, କାରଣ ମୁଁ ମୃଦୁଶୀଳ ଓ ନମ୍ରଚିତ୍ତ, ଆଉ ତୁମ୍ଭେମାନେ ଆପଣା ଆପଣା ଆତ୍ମାରେ ବିଶ୍ରାମ ପାଇବ । ମାଥିଉ ୧୧:୨୮, ୨୯ ।

ଆଉ, ଯେ ମୋ' ନିକଟକୁ ଆସେ, ତାହାକୁ ମୁଁ କୌଣସି ପ୍ରକାରେ ବାହାର କରିଦେବି ନାହିଁ । ଯୋହନ ୮:୩୭ (ଖ)

''ହେ ତୃଷିତ ଲୋକସକଳ, ତୁମ୍ଭେମାନେ ଜଳ ନିକଟକୁ ଆସ, ପୁଣି ଯାହାର କିଛି ଅର୍ଥ ନାହିଁ, ସେ ଆସୁ; ତୁମ୍ଭେମାନେ ଆସ, କିଣ ଓ ଭୋଜନ କର; ହଁ, ଆସ, ଅର୍ଥ ଓ ମୂଲ୍ୟ ବିନା ଦ୍ରାକ୍ଷାରସ ଓ ଦୁଗ୍ଧ କିଣ ।'' ଯିଶାଇୟ ୫୫:୧

# ଈଶ୍ୱର ପବିତ୍ର

''ହେ ସଦାପ୍ରଭୁ, ଦେବଗଣ ମଧ୍ୟରେ ତୁମ୍ଭ ତୁଲ୍ୟ କିଏ ? ତୁମ୍ଭ ସମାନ ପବିତ୍ରତାରେ ଆଦରଣୀୟ, ପ୍ରଶଂସାରେ ଭୟାନକ ଓ ଆଶ୍ଚର୍ଯ୍ୟକ୍ରିୟାକାରୀ କିଏ ?'' ଯାତ୍ରା. ୧୫:୧୧

''ସଦାପ୍ରଭୁଙ୍କ ତୁଲ୍ୟ ପବିତ୍ର ଆଉ କେହି ନାହିଁ; ଯେହେତୁ ତୁମ୍ଭ ଭିନ୍ନ ଆଉ କେହି ନାହିଁ,'' ୧ମ ଶାମୁ. ୨:୨ (କ)

''ପରମେଶ୍ୱର ଯେ ଦୁଷ୍କର୍ମ କରିବେ, ଏହା ତାହାଙ୍କଠାରୁ ଦୂରେ ଥାଉ ଓ ସର୍ବଶକ୍ତିମାନ ଯେ ଅଧର୍ମ କରିବେ, ଏହା ତାହାଙ୍କଠାରୁ ଦୂରେ ଥାଉ ।'' ଆୟୁବ ୩୪:୧୦ (ଖ)

''ଆଉ ସେମାନେ ପରସ୍ପର ଡାକି କହିଲେ, ସୈନ୍ୟାଧିପତି ସଦାପ୍ରଭୁ ଧର୍ମମୟ, ଧର୍ମମୟ, ଧର୍ମମୟ; ସମୁଦାୟ ପୃଥିବୀ ତାହାଙ୍କ ମହିମାରେ ପରିପୂର୍ଣ୍ଣ ।'' ଯିଶା. ୬:୩

''କାରଣ ଯେ ଅନନ୍ତକାଳ ନିବାସୀ, ଯାହାଙ୍କର ନାମ ଧର୍ମମୟ, ସେହି ଉଚ୍ଚ ଓ ଉନ୍ନତ ପୁରୁଷ ଏହି କଥା କହନ୍ତି; ଆମ୍ଭେ ଊର୍ଦ୍ଧ୍ୱ ଓ ପବିତ୍ର ସ୍ଥାନରେ ବାସ କରୁ ।''

ଯିଶା. ୫୭:୧୫ (କ)

''ଜଣଙ୍କ ବିନା, ଅର୍ଥାତ୍ ଈଶ୍ୱରଙ୍କ ବିନା ଅନ୍ୟ କେହି ସତ୍ ନୁହେଁ ।'' ମାର୍କ ୧୦:୧୮ (କ)

''ହେ ପ୍ରଭୁ, କିଏ ତୁମ୍ଭକୁ ଭୟ ନ କରିବ ? କିଏ ତୁମ୍ଭ ନାମର ଗୌରବ କୀର୍ତ୍ତନ ନ କରିବ ? କାରଣ କେବଳ ତୁମ୍ଭେହିଁ ପବିତ୍ର ।'' ପ୍ରକାଶିତ. ୧୫:୪ (କ)

''ସେମାନେ ତୁମ୍ଭ ମହତ୍ ଓ ଭୟଙ୍କର ନାମର ପ୍ରଶଂସା କରନ୍ତୁ, ସେ ପବିତ୍ର ଅଟନ୍ତି ।'' ଗୀତ. ୯୯:୩

''ତୁମ୍ଭେମାନେ ଆମ୍ଭମାନଙ୍କ ପରମେଶ୍ୱର ସଦାପ୍ରଭୁଙ୍କର ପ୍ରତିଷ୍ଠା କର ... କାରଣ ସଦାପ୍ରଭୁ ଆମ୍ଭମାନଙ୍କ ପରମେଶ୍ୱର ପବିତ୍ର ଅଟନ୍ତି ।'' ଗୀତ ୯୯:୯

''ଯେ ସର୍ବଶକ୍ତିମାନ, ଯେ ଭୂତ, ବର୍ତ୍ତମାନ ଓ ଭବିଷ୍ୟତ୍, ସେହି ପ୍ରଭୁ ଈଶ୍ୱର ପବିତ୍ର, ପବିତ୍ର, ପବିତ୍ର ।''

ପ୍ରକାଶିତ. ୪:୮ (ଖ)

"ଈଶ୍ୱର ଯେ ଏକମାତ୍ର, ଏହା ତୁମ୍ଭେ ବିଶ୍ୱାସ କରୁଅଛ; ଭଲ କଥା, ଭୂତମାନେ ମଧ୍ୟ ବିଶ୍ୱାସ କରି ଥରହର ହୁଅନ୍ତି । କିନ୍ତୁ ହେ ନିର୍ବୋଧ ମନୁଷ୍ୟ, କର୍ମ ବିନା ବିଶ୍ୱାସ ଯେ ନିଷ୍ଫଳ, ଏହା କଅଣ ଜାଣିବାକୁ ଇଚ୍ଛା କରୁଅଛ ? କିନ୍ତୁ ଶ୍ରୋତାମାତ୍ର ହୋଇ ଆପଣାମାନଙ୍କୁ ପ୍ରବଞ୍ଚନା ନ କରି ବାକ୍ୟର କର୍ମକାରୀ ହୁଅ ।" ଯାକୁବ ୨:୧୯, ୨୦; ୧:୨୨

"ଦୁଷ୍ଟର ଗତି ସଦାପ୍ରଭୁଙ୍କର ଘୃଣା ବିଷୟ; ମାତ୍ର ଧାର୍ମିକତାର ଅନୁଗାମୀକି ସେ ପ୍ରେମ କରନ୍ତି ।"

ହିତୋ. ୧୫:୯

"ତାହାଙ୍କ ଆଜ୍ଞା ପାଳନ ନ କରି ତାହାଙ୍କୁ ଜାଣେ ବୋଲି ଯେ କହେ, ସେ ମିଥ୍ୟାବାଦୀ ଓ ତାହାଠାରେ ସତ୍ୟ ନାହିଁ; ....., ଯେକେହି ଧର୍ମାଚରଣ କରେ ନାହିଁ, କିଅବା ଆପଣା ଭାଇକୁ ପ୍ରେମ କରେ ନାହିଁ, ସେ ଈଶ୍ୱରଙ୍କଠାରୁ ଜାତ ନୁହେଁ ।" ୧ ଯୋହନ ୨:୪; ୩:୧୦

"ସମସ୍ତଙ୍କ ସହିତ ଶାନ୍ତିରେ ରହିବାକୁ ଚେଷ୍ଟା କର, ପୁଣି ଯେଉଁ ପବିତ୍ରତା ବିନୁ କେହି ପ୍ରଭୁଙ୍କ ଦର୍ଶନ ପାଇବ ନାହିଁ, ସେଥିର ଅନୁସରଣ କର ।" ଏବ୍ରୀ୧୨:୧୪

"ମାତ୍ର ତୁମ୍ଭମାନଙ୍କର ଆହ୍ୱାନକର୍ତ୍ତା ଯେପରି ପବିତ୍ର, ତୁମ୍ଭେମାନେ ମଧ୍ୟ ଆଜ୍ଞାବହ ସନ୍ତାନମାନଙ୍କ ପରି ସମସ୍ତ ଆଚରଣରେ ସେହିପରି ପବିତ୍ର ହୁଅ ।" ୧ ପିତର ୧:୧୫

"ତୁମ୍ଭେମାନେ ଯେପରି ବଞ୍ଚିବ, ଏଥିପାଇଁ ମନ୍ଦ ଚେଷ୍ଟା ନ କର, ଭଲ ଚେଷ୍ଟା କର; ତହିଁରେ ତୁମ୍ଭମାନଙ୍କର ବାକ୍ୟ ଅନୁସାରେ ସଦାପ୍ରଭୁ ସୈନ୍ୟାଧିପତି ପରମେଶ୍ୱର ତୁମ୍ଭ-ମାନଙ୍କର ସହବର୍ତ୍ତୀ ହେବେ ।" ଆମୋଷ ୫:୧୪

"କିଏ ତାହାଙ୍କ ପବିତ୍ର ସ୍ଥାନରେ ଠିଆ ହେବ ? ଯାହାର ହସ୍ତ ଶୁଚି ଓ ଅନ୍ତଃକରଣ ନିର୍ମଳ ।"

ଗୀତ ୨୪:୩ (ଖ), ୪ (କ)

''ନ୍ୟାୟାଚରଣ, ଦୟା ଭଲ ପାଇବା ଓ ନମ୍ର ଭାବରେ ତୁମ୍ଭ ପରମେଶ୍ୱରଙ୍କ ସହିତ ଗମନାଗମନ କରିବାର, ଏହାଛଡ଼ା ସଦାପ୍ରଭୁ ତୁମ୍ଭଠାରୁ ଆଉ କଅଣ ଚାହାନ୍ତି ?''

ମୀଖା ୬:୮ (ଖ)

''ତୁମ୍ଭେମାନେ ପବିତ୍ର ହେବ, କାରଣ ଆମ୍ଭେ ସଦାପ୍ରଭୁ ତୁମ୍ଭମାନଙ୍କର ପରମେଶ୍ୱର ପବିତ୍ର ଅଟୁ ।''

ଲେବୀ ୧୯:୨ (ଖ)

''ତୁମ୍ଭେ ଆପଣାର ସମସ୍ତ ଅନ୍ତଃକରଣ, ସମସ୍ତ ପ୍ରାଣ, ସମସ୍ତ ଶକ୍ତି ଓ ସମସ୍ତ ମନ ଦେଇ ପ୍ରଭୁ ଆପଣା ଈଶ୍ୱରଙ୍କୁ ପ୍ରେମ କର; ପୁଣି, ଆପଣା ପ୍ରତିବାସୀକି ଆତ୍ମତୁଲ୍ୟ ପ୍ରେମ କର ।'' ଲୂକ ୧୦:୨୭

''ଆଜ୍ଞାଗୁଡ଼ିକ ତ ତୁମ୍ଭେ ଜାଣ, ନରହତ୍ୟା କର ନାହିଁ, ବ୍ୟଭିଚାର କର ନାହିଁ, ଚୋରି କର ନାହିଁ, ମିଥ୍ୟାସାକ୍ଷ୍ୟ ଦିଅ ନାହିଁ, ପ୍ରବଞ୍ଚନା କର ନାହିଁ, ଆପଣା ପିତାମାତାଙ୍କୁ ସମାଦର କର ।'' ମାର୍କ ୧୦:୧୯

''ତୁମ୍ଭେମାନେ ଏହି ବର୍ତ୍ତମାନ ଯୁଗର ଅନୁରୂପୀ ହୁଅ ନାହିଁ, ... ଏଥିନିମନ୍ତେ ଆପଣା ଆପଣା ମନର ନୂତନୀକରଣ ଦ୍ୱାରା ପରିବର୍ତ୍ତିତ ହୁଅ ।'' ରୋମୀ ୧୨:୨

''ଏହି ବ୍ୟବସ୍ଥାପୁସ୍ତକ ତୁମ୍ଭ ମୁଖରୁ ବିଚଳିତ ନ ହେଉ, ମାତ୍ର ତୁମ୍ଭେ ତହିଁର ଲେଖାନୁସାରେ ମାନିବାକୁ ଓ କରିବାକୁ ଦିବାରାତ୍ର ତାହା ଧ୍ୟାନ କର; ତାହା କଲେ, ତୁମ୍ଭେ ଆପଣା ପଥ ସଫଳ କରିବ ଓ ତୁମ୍ଭେ କୁଶଳପ୍ରାପ୍ତ ହେବ ।''

ଯିହୋଶୂୟ ୧:୮

''ଈଶ୍ୱରଙ୍କଠାରେ ବିଶ୍ୱାସ ରଖ ।'' ମାର୍କ ୧୧:୨୨ (ଖ)

''ତୁମ୍ଭେମାନେ ଆପଣାମାନଙ୍କ ସଦାପ୍ରଭୁ ପରମେଶ୍ୱରଙ୍କର ସେବା କରିବ ।'' ଯାତ୍ରା ୨୩:୨୫ (କ)

# ଈଶ୍ୱର ଯାହା ଘୃଣା କରନ୍ତି

''ଛଅଗୋଟି ବିଷୟକୁ ସଦାପ୍ରଭୁ ଘୃଣା କରନ୍ତି; ସପ୍ତବସ୍ତୁ ମଧ୍ୟ ତାହାଙ୍କର ଘୃଣାଯୋଗ୍ୟ । ଅହଙ୍କାର-ଦୃଷ୍ଟି, ମିଥ୍ୟାବାଦୀ-ଜିହ୍ୱା ଓ ନିର୍ଦ୍ଦୋଷର ରକ୍ତପାତକାରୀ-ହସ୍ତ; ଅନିଷ୍ଟଚିନ୍ତକ ଅନ୍ତଃକରଣ, କୁକର୍ମ କରିବାକୁ ବେଗଗାମୀ ଚରଣ; ମିଥ୍ୟାସାକ୍ଷୀ ଯେ ମିଥ୍ୟା କହେ ଓ ଯେ ଭାଇମାନଙ୍କ ମଧ୍ୟରେ କଳିର ବୀଜ ବୁଣେ ।'' ହିତୋ. ୬:୧୬-୧୯

''କାରଣ ଆମ୍ଭେ ସଦାପ୍ରଭୁ ନ୍ୟାୟବିଚାର ଭଲ ପାଉ, ଆମ୍ଭେ ଅଧର୍ମଯୁକ୍ତ ଅପହରଣ ଘୃଣା କରୁ ।''

ଯିଶାଇୟ ୬୧:୮ (କ)

''କିନ୍ତୁ ଯେଉଁମାନେ ଭୀରୁ, ଅବିଶ୍ୱାସୀ, ଘୃଣ୍ୟକଳଙ୍କିତ, ନରଘାତକ, ବ୍ୟଭିଚାରୀ, ମାୟାବୀ ଓ ପ୍ରତିମାପୂଜକ, ସେମାନେ ଓ ସମସ୍ତ ମିଥ୍ୟାବାଦୀ ଅଗ୍ନି ଓ ଗନ୍ଧକ ପ୍ରଜ୍ୱଳିତ ହ୍ରଦରେ ଅଂଶ ପାଇବେ; ଏହାହିଁ ଦ୍ୱିତୀୟ ମୃତ୍ୟୁ ।''

ପ୍ରକାଶିତ ୨୧:୮

''ଏଥିପାଇଁ ତୁମ୍ଭେମାନେ ଆପଣା ଆପଣା ଆତ୍ମା ବିଷୟରେ ସାବଧାନ ହୁଅ ଓ କେହି ଆପଣା ଆପଣା ଯୌବନକାଳର ଭାର୍ଯ୍ୟା ପ୍ରତି ବିଶ୍ୱାସଘାତକତା ନ କରୁ । କାରଣ ଆମ୍ଭେ ସ୍ତ୍ରୀ-ତ୍ୟାଗ ଘୃଣା କରୁ, ଏହା ସଦାପ୍ରଭୁ ଇସ୍ରାଏଲର ପରମେଶ୍ୱର କହନ୍ତି ।'' ମଲାଖି ୨:୧୫(ଖ), ୧୬(କ)

''ପୁଣି, ତୁମ୍ଭମାନଙ୍କର କେହି ମନେ ମନେ ଆପଣା ପ୍ରତିବାସୀର ବିରୁଦ୍ଧରେ ଅନିଷ୍ଟ ଚିନ୍ତା ନ କରୁ; କୌଣସି ମିଥ୍ୟା ଶପଥ ଭଲ ପାଅ ନାହିଁ; କାରଣ ଏହିସବୁ ବିଷୟକୁ ଆମ୍ଭେ ଘୃଣା କରୁ, ଏହା ସଦାପ୍ରଭୁ କହନ୍ତି ।'' ଯିଖରିୟ ୮:୧୭

''ଯେଉଁମାନେ ଆପଣା ଆପଣାକୁ ମନୁଷ୍ୟମାନଙ୍କ ଦୃଷ୍ଟିରେ ଧାର୍ମିକ ବୋଲି ଦେଖାନ୍ତି, ତୁମ୍ଭେମାନେ ସେହିପ୍ରକାର ଲୋକ, କିନ୍ତୁ ଈଶ୍ୱର ତୁମ୍ଭମାନଙ୍କର ହୃଦୟ ଜାଣନ୍ତି; କାରଣ ଯାହା ମନୁଷ୍ୟମାନଙ୍କ ମଧ୍ୟରେ ଉଚ୍ଚୀକୃତ, ତାହା ଈଶ୍ୱରଙ୍କ ଦୃଷ୍ଟିରେ ଘୃଣିତ ।'' ଲୂକ ୧୬:୧୫ (ଖ)

# ଈଶ୍ୱରଙ୍କ ପ୍ରଦତ୍ତ ଆଦର୍ଶରୁ ସମସ୍ତେ ଊଣା ପଡ଼ିଛନ୍ତି

‘‘ମାତ୍ର ମୁଁ ତୁମ୍ଭମାନଙ୍କୁ ଜାଣିଅଛି, ତୁମ୍ଭମାନଙ୍କ ଅନ୍ତରରେ ଈଶ୍ୱରଙ୍କ ପ୍ରେମ ନାହିଁ ।’’ ଯୋହନ ୫:୪୨

‘‘କାରଣ ଯେକେହି ସମସ୍ତ ବ୍ୟବସ୍ଥା ପାଳନ କରି କେବଳ ଗୋଟିକ ବିଷୟରେ ଝୁଣ୍ଟିପଡ଼େ, ତେବେ ସେ ସମସ୍ତ ବ୍ୟବସ୍ଥା ଲଂଘନ ଦୋଷରେ ଦଣ୍ଡନୀୟ ହୁଏ ।’’ ଯାକୁବ ୨:୧୦

‘‘ତେବେ ମୁଁ କହିଲି, ହାୟ ହାୟ ! ମୁଁ ନଷ୍ଟ ହେଲି; କାରଣ ମୁଁ ଅଶୁଚି ଓଷ୍ଠାଧରବିଶିଷ୍ଟ ମନୁଷ୍ୟ ଓ ମୁଁ ଅଶୁଚି ଓଷ୍ଠାଧରବିଶିଷ୍ଟ ଗୋଷ୍ଠୀ ମଧ୍ୟରେ ବାସ କରୁଅଛି; ତଥାପି ମୋହର ଚକ୍ଷୁ ସୈନ୍ୟାଧିପତି ସଦାପ୍ରଭୁ ରାଜାଙ୍କୁ ଦେଖିଅଛି ।’’ ଯିଶାଇୟ ୬:୫

‘‘ଏହି ପବିତ୍ର ପରମେଶ୍ୱର ସଦାପ୍ରଭୁଙ୍କ ସମ୍ମୁଖରେ କିଏ ଛିଡ଼ା ହୋଇପାରେ ?’’ ୧ ଶାମୁ. ୬:୨୦ (ଖ)

‘‘ଅତଏବ, ଯେ ସତ୍କର୍ମ କରିବାକୁ ଜାଣି ତାହା କରେ ନାହିଁ, ତାହାର ପାପ ହୁଏ ।’’ ଯାକୁବ ୪:୧୭

‘‘ଯେପରି ଲେଖାଅଛି, ଧାର୍ମିକ କେହି ନାହିଁ, ନା, ଜଣେ ସୁଦ୍ଧା ନାହିଁ ।’’ ରୋମୀ ୩:୧୦

‘‘ସମସ୍ତେ ତ ପାପ କରିଅଛନ୍ତି, ପୁଣି ଈଶ୍ୱରଙ୍କ ଗୌରବ ରହିତ ହୋଇଅଛନ୍ତି ।’’ ରୋମୀ ୩:୨୩

‘‘ଯେକେହି ଧର୍ମାଚରଣ କରେ ନାହିଁ, କିଅବା ଆପଣା ଭାଇକୁ ପ୍ରେମ କରେ ନାହିଁ, ସେ ଈଶ୍ୱରଙ୍କଠାରୁ ଜାତ ନୁହେଁ ।’’ ୧ ଯୋହନ ୩:୧୦ (ଖ)

‘‘ଆମ୍ଭେମାନେ ସମସ୍ତେ ମେଷଗଣ ତୁଲ୍ୟ ବିପଥଗାମୀ ହୋଇଅଛୁ, ଆମ୍ଭେମାନେ ପ୍ରତ୍ୟେକେ ଆପଣା ଆପଣା ବାଟ ଆଡ଼େ ଫେରି ଅଛୁ ।’’ ଯିଶାଇୟ ୫୩:୬ (କ)

''କାରଣ ଈଶ୍ୱରଙ୍କ ବିଷୟରେ ଯେ ସେମାନଙ୍କର ଉଦ୍‌ଯୋଗ ଅଛି, ଏହା ମୁଁ ସେମାନଙ୍କ ସପକ୍ଷରେ ସାକ୍ଷ୍ୟ ଦେଉଅଛି, କିନ୍ତୁ ସେହି ଉଦ୍‌ଯୋଗ ଜ୍ଞାନଯୁକ୍ତ ନୁହେଁ । ଯେଣୁ ଈଶ୍ୱରଦତ୍ତ ଧାର୍ମିକତା ବିଷୟରେ ଅଜ୍ଞ ହୋଇ ଓ ଆପଣା ଆପଣା ଧାର୍ମିକତା ସ୍ଥାପନ କରିବାକୁ ଚେଷ୍ଟା କରି ସେମାନେ ଈଶ୍ୱରଦତ୍ତ ଧାର୍ମିକତାର ବଶୀଭୂତ ହୋଇ ନାହାନ୍ତି ।'' ରୋମୀ ୧୦:୨,୩

''କାରଣ ଆମ୍ଭେ ସମସ୍ତେ ଅଶୁଚି ଲୋକ ତୁଲ୍ୟ ହୋଇ- ଅଛୁ ଓ ଆମ୍ଭମାନଙ୍କର ଧର୍ମକର୍ମସବୁ ଅଶୁଚି ବସ୍ତ୍ର ତୁଲ୍ୟ ଅଟେ ।'' ଯିଶାଇୟ ୬୪:୬ (କ)

''ସେ ଅବଶ୍ୟ ବଞ୍ଚିବ, ଏହି କଥା ଆମ୍ଭେ ଧାର୍ମିକକୁ କହିଲେ, ସେ ଯେବେ ଆପଣା ଧର୍ମରେ ନିର୍ଭର ରଖି ଅଧର୍ମ କରେ, ତେବେ ତାହାର କୌଣସି ଧର୍ମକର୍ମ ସ୍ମରଣ କରାଯିବ ନାହିଁ, ମାତ୍ର ସେ ଯେଉଁ ଅଧର୍ମ କରିଅଛି, ତହିଁରେହିଁ ସେ ମରିବ ।'' ଯିହିଜିକଲ ୩୩:୧୩

''ଯେଉଁମାନେ ଶରୀରର ବଶରେ ଅଛନ୍ତି, ସେମାନେ ଈଶ୍ୱରଙ୍କର ସନ୍ତୋଷପାତ୍ର ହୋଇ ପାରନ୍ତି ନାହିଁ ।'' ରୋମୀ ୮:୮

''କାରଣ ବ୍ୟବସ୍ଥାର କ୍ରିୟାକର୍ମ ଦ୍ୱାରା କୌଣସି ପ୍ରାଣୀ ତାହାଙ୍କ ଛାମୁରେ ଧାର୍ମିକ ଗଣିତ ହେବ ନାହିଁ ।'' ରୋମୀ ୩:୨୦(କ)

''ଆମ୍ଭେମାନେ ଯେ ନିଜଠାରୁ କିଛି ଉଦ୍ଭାବନ କରିବାକୁ ସମର୍ଥ, ଏପରି ନୁହେଁ, ମାତ୍ର ଆମ୍ଭମାନଙ୍କର ସାମର୍ଥ୍ୟ ଈଶ୍ୱରଙ୍କଠାରୁ ।'' ୨ କରିନ୍ଥୀ ୩:୫

''ବ୍ୟବସ୍ଥା ଦ୍ୱାରା କେହି ଯେ ଈଶ୍ୱରଙ୍କ ସାକ୍ଷାତରେ ଧାର୍ମିକ ଗଣିତ ହୁଏ ନାହିଁ, ଏହା ତ ସ୍ପଷ୍ଟ, କାରଣ ଧାର୍ମିକ ବିଶ୍ୱାସ ଦ୍ୱାରା ବଞ୍ଚିବ ।'' ଗାଲାତୀୟ ୩:୧୧

# ପାପ ଆମକୁ ଈଶ୍ୱରଙ୍କଠାରୁ ବିଚ୍ଛିନ୍ନ କରେ

''ଅତଏବ, ଯେପରି ଜଣେ ଲୋକ ଦ୍ୱାରା ପାପ ଓ ପାପ ଦ୍ୱାରା ମୃତ୍ୟୁ ଜଗତରେ ପ୍ରବେଶ କଲା, ଆଉ ସେହି ପ୍ରକାରେ ମୃତ୍ୟୁ ସମସ୍ତ ଲୋକଙ୍କ ପ୍ରତି ଘଟିଲା, ଯେଣୁ ସମସ୍ତେ ତ ପାପ କଲେ ।'' ରୋମୀ ୫:୧୨

''ତାହା ପରେ କାମନା ଗର୍ଭଧାରଣ କରି ପାପ ପ୍ରସବ କରେ, ପୁଣି ପାପ ପୂର୍ଣ୍ଣମାତ୍ରାରେ ବୃଦ୍ଧି ପାଇ ମୃତ୍ୟୁକୁ ଜନ୍ମ ଦିଏ ।'' ଯାକୁବ ୧:୧୫

''ମାତ୍ର ତୁମ୍ଭମାନଙ୍କର ଅପରାଧସବୁ, ତୁମ୍ଭମାନଙ୍କର ଓ ତୁମ୍ଭମାନଙ୍କ ପରମେଶ୍ୱରଙ୍କ ମଧ୍ୟରେ ବିଚ୍ଛେଦ ଘଟାଇଅଛି ଓ ତୁମ୍ଭମାନଙ୍କର ପାପସବୁ ତୁମ୍ଭମାନଙ୍କଠାରୁ ତାହାଙ୍କ ମୁଖ ଲୁଚାଇଅଛି, ଏଥିପାଇଁ ସେ ଶୁଣିବେ ନାହିଁ ।'' ଯିଶା. ୫୯:୨

''ଯେଉଁ ଲୋକ ଧାର୍ମିକତାରେ ଅଟଳ ଥାଏ, ସେ ଜୀବନ ପାଇବ; ପୁଣି, କୁକର୍ମର ପଛେ ଯେ ଧାଏଁ, ସେ ଆପଣା ମୃତ୍ୟୁ ଘଟାଏ ।'' ହିତୋ. ୧୧:୧୯

''ପରମେଶ୍ୱର ଏହି କଥା କହନ୍ତି, ତୁମ୍ଭେମାନେ କିହେତୁ ସଦାପ୍ରଭୁଙ୍କ ଆଜ୍ଞାସବୁ ଲଙ୍ଘନ କରୁଅଛ ? ଏଥିରେ କୃତକାର୍ଯ୍ୟ ନୋହିବ । ତୁମ୍ଭେମାନେ ସଦାପ୍ରଭୁଙ୍କୁ ପରିତ୍ୟାଗ କରିବାରୁ ସେ ମଧ ତୁମ୍ଭମାନଙ୍କୁ ପରିତ୍ୟାଗ କରିଅଛନ୍ତି ।''

୨ ବଂଶାବଳୀ ୨୪:୨୦(ଖ)

''ଯେହେତୁ ବିଦ୍ରୋହ ମନ୍ତ୍ରପାଠ ପାପତୁଲ୍ୟ ଓ ଅବାଧ୍ୟତା ଅବସ୍ତୁର ଓ ଠାକୁରମାନର ପୂଜାତୁଲ୍ୟ । ତୁମ୍ଭେ ସଦାପ୍ରଭୁଙ୍କ ବାକ୍ୟ ତୁଚ୍ଛ କରିଅଛ, ଏଥିପାଇଁ ସେ ମଧ୍ୟ ତୁମ୍ଭକୁ ରାଜା ହୋଇ ଥିବା ପାଇଁ ତୁଚ୍ଛ କରିଅଛନ୍ତି ।'' ୧ ଶାମୁ. ୧୫:୨୩

''ମାତ୍ର ସେମାନେ ଅନ୍ୟ ଦେବତାଗଣ ପ୍ରତି ଫେରି ଯେ ଯେ କୁକର୍ମ କରିବେ, ତହିଁନିମନ୍ତେ ସେସମୟରେ ଆମ୍ଭେ ଅବଶ୍ୟ ସେମାନଙ୍କଠାରୁ ଆପଣା ମୁଖ ଢାଙ୍କିବା ।''

ଦ୍ୱି.ବିବ. ୩୧:୧୮

''ଯେଉଁ ପ୍ରାଣୀ ପାପ କରେ ସେହି ମରିବ ।''

ଯିହିଜିକଲ ୧୮:୨୦(କ)

''ପରମେଶ୍ୱର ଧର୍ମମୟ ବିଚାରକର୍ତ୍ତା, ହଁ, ସେ ପ୍ରତିଦିନ କ୍ରୋଧକାରୀ ପରମେଶ୍ୱର ।'' ଗୀତ. ୭:୧୧

''ସଦାପ୍ରଭୁ କ୍ରୋଧରେ ଧୀର ଓ ପରାକ୍ରମରେ ମହାନ ଓ କୌଣସି ପ୍ରକାରେ ଦୋଷୀକୁ ନିର୍ଦ୍ଦୋଷ କରିବେ ନାହିଁ ।''

ନାହୂମ ୧:୩(କ)

''ଏହିସବୁ ହେତୁରୁ ଅନାଜ୍ଞାବହ ସନ୍ତାନମାନଙ୍କ ଉପରେ ଈଶ୍ୱରଙ୍କ କ୍ରୋଧ ବର୍ତ୍ତେ ।'' କଲସୀ ୩:୬

''କାରଣ ଯେଉଁ ଲୋକମାନେ ଅଧର୍ମରେ ସତ୍ୟକୁ ପ୍ରତିରୋଧ କରନ୍ତି, ସେମାନଙ୍କର ସମସ୍ତ ଅପବିତ୍ରତା ଓ ଅଧର୍ମ ବିରୁଦ୍ଧରେ ସ୍ୱର୍ଗରୁ ଈଶ୍ୱରଙ୍କ କ୍ରୋଧ ପ୍ରକାଶିତ ହେଉଅଛି ।''

ରୋମୀ ୧:୧୮

''ସେମାନେ ସର୍ବପ୍ରକାର ଅଧର୍ମ, ଦୁଷ୍ଟତା, ଲୋଭ, ହିଂସା, ଈର୍ଷା, ବଧ, ବିବାଦ, ଛଳ ଓ ମନ୍ଦତାରେ ପରିପୂର୍ଣ୍ଣ; ସେମାନେ କର୍ଣ୍ଣେଜପ, ନିନ୍ଦକ, ଈଶ୍ୱରଙ୍କ ଘୃଣ୍ୟ, ଅତ୍ୟାଚାରୀ, ଦାମ୍ଭିକ, ଅହଂକାରୀ, ଦୁଷ୍କର୍ମର ଉତ୍ପାଦକ, ପିତାମାତାଙ୍କ ଅନାଜ୍ଞାବହ, ନିର୍ବୋଧ, ନିୟମ ଭଙ୍ଗକାରୀ, ସ୍ୱାଭାବିକ ସ୍ନେହ-ରହିତ ଓ ନିର୍ଦ୍ଦୟ ଅଟନ୍ତି । ଯେଉଁମାନେ ଏହିପରି ଆଚରଣ କରନ୍ତି, ସେମାନେ ଯେ ମୃତ୍ୟୁର ଯୋଗ୍ୟ, ଈଶ୍ୱରଙ୍କର ଏହି ବିଧାନ ସେମାନେ ଜାଣିଲେ ସୁଦ୍ଧା କେବଳ ଯେ ଏହିପ୍ରକାର ଆଚରଣ କରନ୍ତି, ତାହା ନୁହେଁ, କିନ୍ତୁ ଏହିପରି ଆଚରଣ କରୁଥିବା ଲୋକମାନଙ୍କ ପକ୍ଷ ଆନନ୍ଦରେ ସମର୍ଥନ କରନ୍ତି ।''

ରୋମୀ ୧:୨୯-୩୨

''ପ୍ରଥମରେ ଯିହୁଦୀ ଓ ମଧ୍ୟ ଗ୍ରୀକ୍, ପ୍ରତ୍ୟେକ ଦୁଷ୍କର୍ମ-କାରୀ ଲୋକର ପ୍ରାଣ ଉପରେ କ୍ଲେଶ ଓ ସଙ୍କଟ ଘଟିବ ।''

ରୋମୀ ୨:୯

# ଆଗାମୀ ବିଚାର ସୁନିଶ୍ଚିତ

"ମନୁଷ୍ୟମାନଙ୍କ ନିମନ୍ତେ ଯେପରି ଥରେମାତ୍ର ମୃତ୍ୟୁ, ଆଉ ତାହା ପରେ ବିଚାର ନିରୂପିତ ଅଛି ।" ଏବ୍ରୀ ୯:୨୭

"ପୁଣି ମୁଁ କ୍ଷୁଦ୍ର ଓ ମହାନ ସମସ୍ତ ମୃତ ଲୋକଙ୍କୁ ସିଂହାସନର ସମ୍ମୁଖରେ ଠିଆ ହୋଇଥିବାର ଦେଖିଲି, ଆଉ ପୁସ୍ତକ ସବୁ ଫିଟାଗଲା; ପରେ ଜୀବନପୁସ୍ତକ ନାମକ ଆଉ ଗୋଟିଏ ପୁସ୍ତକ ଫିଟାଗଲା; ସେହି ପୁସ୍ତକମାନଙ୍କରେ ଲିଖିତ ବିଷୟ ପ୍ରମାଣେ ମୃତମାନେ ଆପଣା ଆପଣା କର୍ମାନୁସାରେ ବିଚାରିତ ହେଲେ । ଯାହାର ନାମ ଜୀବନପୁସ୍ତକରେ ଲେଖା ହୋଇଥିବାର ଦେଖା ନ ଗଲା, ତାହାକୁ ଅଗ୍ନିମୟ ହ୍ରଦରେ ପକାଗଲା ।" ପ୍ରକାଶିତ ୨୦:୧୨,୧୫

"ଜୀବିତ ଈଶ୍ୱରଙ୍କ ହସ୍ତରେ ପଡ଼ିବା ଭୟଙ୍କର ବିଷୟ ।" ଏବ୍ରୀ ୧୦:୩୧

"କିନ୍ତୁ ମୁଁ ତୁମ୍ଭମାନଙ୍କୁ କହୁଅଛି, ମନୁଷ୍ୟମାନେ ଯେକୌଣସି ଅସାର କଥା କହନ୍ତି, ବିଚାରଦିନରେ ସେମାନେ ସେଥିର ଉତ୍ତର ଦେବେ ।" ମାଥିଉ ୧୨:୩୬

"ଯେହେତୁ ପରମେଶ୍ୱର ପ୍ରତ୍ୟେକ କର୍ମ, ପୁଣି ଭଲ କି ମନ୍ଦ ପ୍ରତ୍ୟେକ ଗୁପ୍ତ ବିଷୟ ବିଚାରରେ ଆଣିବେ ।" ଉପଦେଶକ ୧୨:୧୪

"ଯୁଗାନ୍ତ ସମୟରେ ସେହିପରି ଘଟିବ; ଦୂତମାନେ ବାହାରିଆସି ଧାର୍ମିକମାନଙ୍କ ମଧ୍ୟରୁ ଦୁଷ୍ଟମାନଙ୍କୁ ବିଭିନ୍ନ କରିବେ, ପୁଣି ସେମାନଙ୍କୁ ଅଗ୍ନିକୁଣ୍ଡରେ ପକାଇଦେବେ; ସେଠାରେ ରୋଦନ ଓ ଦନ୍ତର କିଡ଼ିମିଡ଼ି ହେବ ।" ମାଥିଉ ୧୩:୪୯-୫୦

# ଆମେ ଈଶ୍ୱରଙ୍କଠାରୁ ଲୁଚି ପାରିବା ନାହିଁ

''ସଦାପ୍ରଭୁଙ୍କ ଚକ୍ଷୁ ସର୍ବତ୍ର ଥାଇ ଅଧମ ଓ ଉତ୍ତମ ଲୋକଙ୍କ ନିରୀକ୍ଷଣ କରେ ।'' ହିତୋପଦେଶ ୧୫:୩

''ହେ ସଦାପ୍ରଭୋ, ତୁମ୍ଭେ ମୋହର ଅନୁସନ୍ଧାନ କରିଅଛ ଓ ମୋହର ପରିଚୟ ନେଇଅଛ । ତୁମ୍ଭେ ମୋହର ବସିବାର ଓ ଉଠିବାର ଜାଣୁଅଛ, ତୁମ୍ଭେ ଦୂରରୁ ମୋହର ସଙ୍କଳ୍ପ ବୁଝୁଅଛ । ତୁମ୍ଭେ ମୋହର ଗମନ ଓ ଶୟନ ଅନୁସନ୍ଧାନ କରୁଅଛ, ଆଉ ମୋହର ସକଳ ଗତି ଜାଣୁଅଛ । କାରଣ ହେ ସଦାପ୍ରଭୋ, ଦେଖ, ଯାହା ତୁମ୍ଭଙ୍କୁ ସମ୍ପୂର୍ଣ୍ଣ ଗୋଚର ନୁହେଁ, ଏପରି ଗୋଟିଏ କଥା ମୋ' ଜିହ୍ୱାରେ ନାହିଁ ।''

ଗୀତ. ୧୩୯:୧-୪

''ପୁଣି ମନୁଷ୍ୟ ଯେପରି ଦେଖେ, ସଦାପ୍ରଭୁ ସେପରି ଦେଖନ୍ତି ନାହିଁ; କାରଣ ମନୁଷ୍ୟ ବାହ୍ୟରୂପ ଦେଖେ, ମାତ୍ର ସଦାପ୍ରଭୁ ଅନ୍ତଃକରଣ ଦେଖନ୍ତି ।'' ୧ ଶାମୁ. ୧୬:୭(ଖ)

''ଯେ କର୍ଣ୍ଣ ରୋପଣ କଲେ, ସେ କି ଶୁଣିବେ ନାହିଁ ? ଯେ ଚକ୍ଷୁ ଗଢ଼ିଲେ, ସେ କି ଦେଖିବେ ନାହିଁ ?''

ଗୀତ. ୯୪:୯

''କାରଣ ସେମାନଙ୍କର ସମସ୍ତ ପଥରେ ଆମ୍ଭର ଦୃଷ୍ଟି ଅଛି; ସେମାନେ ଆମ୍ଭ ସାକ୍ଷାତରୁ ଲୁଚା ନୁହନ୍ତି, କିଅବା ସେମାନଙ୍କର ଅଧର୍ମ ଆମ୍ଭ ଦୃଷ୍ଟିରେ ଅଗୋଚର ନୁହେଁ ।''

ଯିରିମିୟ ୧୬:୧୭

''ଈଶ୍ୱରଙ୍କ ସମ୍ମୁଖରେ କୌଣସି ପ୍ରାଣୀ ଅପ୍ରକାଶିତ ନୁହେଁ, ମାତ୍ର ଯାହାଙ୍କ ଛାମୁରେ ଆମ୍ଭମାନଙ୍କୁ ନିକାଶ ଦେବାକୁ ହେବ, ତାହାଙ୍କ ଦୃଷ୍ଟିରେ ସମସ୍ତ ବିଷୟ ଉଲଙ୍ଗ ଓ ଅନାବୃତ ଅଟେ ।''

ଏବ୍ରୀ ୪:୧୩

''ଯେଉଁଠାରେ ଅଧର୍ମାଚାରୀଗଣ ଲୁଚି ପାରନ୍ତି, ଏପରି ଅନ୍ଧକାର ଓ ମୃତ୍ୟୁଚ୍ଛାୟା ନାହିଁ ।'' ଆୟୁବ ୩୪:୨୨

# ପାପ ପ୍ରତି ବିମୁଖ ହେବା ଆବଶ୍ୟକ

''ପ୍ରଭୁ ସଦାପ୍ରଭୁ କହନ୍ତି, ଦୁଷ୍ଟର ମରଣରେ କି ଆମ୍ଭର କିଛି ସନ୍ତୋଷ ଅଛି ? ବରଂ ସେ ଆପଣା କୁପଥରୁ ଫେରି ବଞ୍ଚୁ, ଏଥିରେ କି ଆମ୍ଭର ସନ୍ତୋଷ ନାହିଁ ?''

ଯିହିଜିକଲ ୧୮:୨୩

''ମୁଁ ତୁମ୍ଭମାନଙ୍କୁ କହୁଅଛି, ନା, କିନ୍ତୁ ମନ ପରିବର୍ତ୍ତନ ନ କଲେ ତୁମ୍ଭେମାନେ ସମସ୍ତେ ସେହି ପ୍ରକାରେ ବିନଷ୍ଟ ହେବ ।'' ଲୂକ ୧୩:୩

''ଯେ ଆପଣା ଅଧର୍ମ ଆଚ୍ଛାଦନ କରେ, ସେ ମଙ୍ଗଳ ପାଏ ନାହିଁ; ମାତ୍ର ଯେଉଁ ଲୋକ ତାହା ସ୍ୱୀକାର କରି ଛାଡ଼େ, ସେ ଦୟା ପାଇବ ।'' ହିତୋପଦେଶ ୨୮:୧୩

''ତଥାପି ସଦାପ୍ରଭୁ କହନ୍ତି, ଏବେହେଁ ତୁମ୍ଭେମାନେ ଉପବାସ, ରୋଦନ ଓ ବିଳାପ କରି ଆପଣାମାନଙ୍କର ସର୍ବାନ୍ତଃକରଣ ସହିତ ଆମ୍ଭ ନିକଟକୁ ଫେରି ଆସ; ପୁଣି, ଆପଣା ଆପଣା ବସ୍ତ୍ର ନ ଚିରି ଅନ୍ତଃକରଣ ଚିର ଓ ସଦାପ୍ରଭୁ ଆପଣାମାନଙ୍କର ପରମେଶ୍ୱରଙ୍କ ନିକଟକୁ ଫେରି ଆସ; କାରଣ ସେ କୃପାମୟ ଓ ସ୍ନେହଶୀଳ, କ୍ରୋଧରେ ଧୀର ଓ ଦୟାରେ ପରିପୂର୍ଣ୍ଣ ।'' ଯୋୟେଲ ୨:୧୨, ୧୩(କ)

''ତୁମ୍ଭେମାନେ ବାକ୍ୟ ସଙ୍ଗରେ ଘେନି ସଦାପ୍ରଭୁଙ୍କ ନିକଟକୁ ଫେରି ଆସ; ତାହାଙ୍କୁ କୁହ, ଅଧର୍ମସକଳ ହରଣ କର ଓ ଯାହା ଉତ୍ତମ, ତାହା ଗ୍ରହଣ କର ।'' ହୋଶେୟ ୧୪:୨(କ)

''ସେ ମନୁଷ୍ୟମାନଙ୍କ ସାକ୍ଷାତରେ ଗାନ କରି କହେ, ମୁଁ ପାପ କରିଅଛି ଓ ନ୍ୟାୟର ବିପରୀତ କରିଅଛି ଓ ତାହା ମୋହର ଲାଭଜନକ ହୋଇ ନାହିଁ । ସେ ମୋହର ପ୍ରାଣକୁ ଗର୍ତ୍ତଗମନରୁ ମୁକ୍ତ କରିଅଛନ୍ତି ଓ ମୋହର ଜୀବନ ଆଲୁଅ ଦେଖିବ ।'' ଆୟୁବ ୩୩:୨୭, ୨୮

''ତୁମ୍ଭେମାନେ ଫେର, ଆପଣାମାନଙ୍କର ସମସ୍ତ ଅପରାଧରୁ ବିମୁଖ ହୁଅ; ତହିଁରେ ଅଧର୍ମ ତୁମ୍ଭମାନଙ୍କର ବିନାଶଜନକ ନୋହିବ ।'' ଯିହିଜିକଲ ୧୮:୩୦(ଖ)

‘‘ଯେପର୍ଯ୍ୟନ୍ତ ସଦାପ୍ରଭୁଙ୍କର ଉଦ୍ଦେଶ୍ୟ ମିଳୁଅଛି, ... ତାହାଙ୍କଠାରେ ପ୍ରାର୍ଥନା କର । ଦୁଷ୍ଟ ଆପଣାର ପଥ ଓ ଅଧାର୍ମିକ ଆପଣା ସଂକଳ୍ପ ପରିତ୍ୟାଗ କରୁ; ପୁଣି, ସେ ସଦାପ୍ରଭୁଙ୍କ ପ୍ରତି ଫେରୁ, ତହିଁରେ ସେ ତାହାକୁ ଦୟା କରିବେ; ଆଉ, ସେ ଆମ୍ଭମାନଙ୍କର ପରମେଶ୍ୱରଙ୍କ ପ୍ରତି ଫେରୁ, କାରଣ ସେ ବହୁଳ ରୂପରେ କ୍ଷମା କରିବେ ।’’ ଯିଶାଇୟ ୫୫:୬, ୭

‘‘ସଦାପ୍ରଭୁ ଭଗ୍ନାନ୍ତଃକରଣମାନଙ୍କର ନିକଟବର୍ତ୍ତୀ ଅଟନ୍ତି ଓ ସେ ଚୂର୍ଣ୍ଣମନାମାନଙ୍କୁ ତ୍ରାଣ କରନ୍ତି ।’’ ଗୀତ. ୩୪:୧୮

‘‘ହୋଇପାରେ, ... ପ୍ରତ୍ୟେକେ ଆପଣା ଆପଣା କୁପଥରୁ ଫେରିବେ; ତାହାହେଲେ, ଆମ୍ଭେ ସେମାନଙ୍କର ଅଧର୍ମ ଓ ପାପ କ୍ଷମା କରିବା ।’’ ଯିରିମିୟ ୩୬:୩(ଖ)

‘‘ମୁଁ ତୁମ୍ଭ ନିକଟରେ ଆପଣା ପାପ ସ୍ୱୀକାର କଲି ଓ ଆପଣା ଅଧର୍ମ ଲୁଚାଇଲି ନାହିଁ ...; ତହିଁରେ ତୁମ୍ଭେ ମୋହର ପାପଘଟିତ ଅଧର୍ମ କ୍ଷମା କଲ ।’’ ଗୀତ. ୩୨:୫

‘‘ଯଦି ଆମ୍ଭେମାନେ ଆପଣା ଆପଣା ପାପ ସ୍ୱୀକାର କରୁ, ତେବେ ସେ ଆମ୍ଭମାନଙ୍କର ପାପ କ୍ଷମା କରିବାକୁ ଓ ସମସ୍ତ ଅଧର୍ମରୁ ଆମ୍ଭମାନଙ୍କୁ ପରିଷ୍କାର କରିବାକୁ ବିଶ୍ୱସ୍ତ ଓ ନ୍ୟାୟବାନ ଅଟନ୍ତି ।’’ ୧ ଯୋହନ ୧:୯

‘‘ଅତଏବ, ଯେପରି ଆପଣମାନଙ୍କର ପାପମୋଚନ ହୋଇପାରେ, ଏଥିନିମନ୍ତେ ମନପରିବର୍ତ୍ତନ କରି ଫେରି–ଆସନ୍ତୁ ।’’ ପ୍ରେରିତ ୩:୧୯

‘‘ସଦାପ୍ରଭୁ ପରମେଶ୍ୱର ଯାହା କହିବେ, ତାହା ଆମ୍ଭେ ଶୁଣିବୁ; କାରଣ ସେ ଆପଣା ଲୋକମାନଙ୍କୁ ଓ ଆପଣା ସଦ୍‌ଭକ୍ତମାନଙ୍କୁ ଶାନ୍ତିର କଥା କହିବେ; ମାତ୍ର ସେମାନେ ପୁନର୍ବାର ମୂର୍ଖତା ପ୍ରତି ନ ଫେରନ୍ତୁ ।’’ ଗୀତ. ୮୫:୮

‘‘ଅନୁତାପ (ମନପରିବର୍ତ୍ତନ)ର ଅର୍ଥ ପାପ ପଥରୁ ଫେରିବା ଅର୍ଥାତ୍ ଈଶ୍ୱରଙ୍କ ନିକଟରେ ପାପସ୍ୱୀକାର ।’’

# ଈଶ୍ୱରଙ୍କ ସହ ପୁନର୍ମିଳିତ ହେବା ପାଇଁ ଆବଶ୍ୟକ ବଳିଦାନ

(୧୪ ପୃଷ୍ଠା ସହିତ ତୁଳନା କରନ୍ତୁ)

''ପୁଣି, ସେ ହୋମବଳିର ମସ୍ତକରେ ଆପଣା ହସ୍ତର ନିର୍ଭର ଦେବ; ତହିଁରେ ସେହି ବଳି ତାହାର ପ୍ରାୟଶ୍ଚିତ୍ତରୂପେ ଗ୍ରାହ୍ୟ ହେବ । କାରଣ ରକ୍ତରେ ପ୍ରାଣୀର ପ୍ରାଣ ଥାଏ; ପୁଣି, ତୁମ୍ଭମାନଙ୍କ ପ୍ରାଣ ନିମନ୍ତେ ପ୍ରାୟଶ୍ଚିତ୍ତ କରିବାକୁ ଆମ୍ଭେ ତାହା ବେଦି ଉପରେ ତୁମ୍ଭମାନଙ୍କୁ ଦେଇଅଛୁ, ଯେହେତୁ ପ୍ରାଣର ଗୁଣରେ ରକ୍ତହିଁ ପ୍ରାୟଶ୍ଚିତ୍ତ କରଇ ।''

ଲେବୀ ୧:୪, ୧୭:୧୧

''ପୁଣି ବ୍ୟବସ୍ଥା ଅନୁସାରେ ପ୍ରାୟ ସମସ୍ତ ବିଷୟ ରକ୍ତ ଦ୍ୱାରା ଶୁଚୀକୃତ ହୁଏ, ଆଉ ରକ୍ତପାତ ବିନା ପାପମୋଚନ ହୁଏ ନାହିଁ ।'' ଏବ୍ରୀ ୯:୨୨

''ତୁମ୍ଭେମାନେ ମେଷପଲ ବା ଛାଗପଲ ମଧ୍ୟରୁ ଶାବକ ନେବ; ତାହା ନିର୍ଦ୍ଦୋଷ, ଏକବର୍ଷୀୟ ଓ ପୁଂଶାବକ ହେବ; ଏଣୁକରି ତୁମ୍ଭେମାନେ ଯେଉଁ ଯେଉଁ ଗୃହରେ ଥାଅ, ସେହି ସେହି ଗୃହରେ ସେହି ରକ୍ତ ଚିହ୍ନସ୍ୱରୂପେ ରହିବ; ଆଉ ଆମ୍ଭେ ମିସର ଦେଶକୁ ଦଣ୍ଡ ଦେବା ସମୟରେ ସେହି ରକ୍ତ ଦେଖିଲେ ତୁମ୍ଭମାନଙ୍କୁ ଛାଡ଼ି ଆଗକୁ ଯିବା, ସଂହାରକ ଆଘାତ ତୁମ୍ଭମାନଙ୍କ ପ୍ରତି ଘଟିବ ନାହିଁ ।'' ଯାତ୍ରା. ୧୨:୫, ୧୩

''ସେତେବେଳେ ସେ ପଚାରିଲା, ଏହି ଦେଖ, ଅଗ୍ନି ଓ କାଷ୍ଠ, ମାତ୍ର ହୋମ ନିମନ୍ତେ ମେଣ୍ଢାଛୁଆ କାହିଁ ? ତହିଁରେ ଅବ୍ରହାମ କହିଲେ, ପୁତ୍ର, ପରମେଶ୍ୱର ଆପେ ହୋମ ପାଇଁ ମେଣ୍ଢାଛୁଆ ଯୋଗାଇବେ । ସେତେବେଳେ ଅବ୍ରହାମ ଅନାଇ ଆପଣା ପଛଆଡ଼ ବୁଦାର ଲତାରେ ବଦ୍ଧଶୃଙ୍ଗ ଗୋଟିଏ ମେଷ ଦେଖିଲେ; ତହିଁରେ ଅବ୍ରହାମ ଯାଇ ସେହି ମେଷକୁ ଆଣି ଆପଣା ପୁତ୍ର ବଦଳେ ତାକୁ ହୋମ ନିମନ୍ତେ ଉତ୍ସର୍ଗ କଲେ ।''

ଆଦି. ୨୨:୭(ଖ)–୮(କ), ୧୩

"ତହିଁ ଆରଦିନ ସେ ଯୀଶୁଙ୍କୁ ନିଜ ପାଖକୁ ଆସୁଥିବା ଦେଖି କହିଲେ, ଏହି ଦେଖ, ଈଶ୍ୱରଙ୍କ ମେଷଶାବକ, ଯେ ଜଗତର ପାପ ବହିନେଇଯାଆନ୍ତି ।" ଯୋହନ ୧:୨୯

"ଆଉ, ସଦାପ୍ରଭୁ ଆମ୍ଭ ସମସ୍ତଙ୍କର ଅପରାଧ ତାହାଙ୍କ ଉପରେ ବର୍ତ୍ତାଇଅଛନ୍ତି । ସେ ଉପଦ୍ରବ ପ୍ରାପ୍ତ ହେଲେ, ତଥାପି ସେ ଆପଣାକୁ ନମ୍ର କରି ଆପଣା ମୁଖ ଫିଟାଇଲେ ନାହିଁ; ବଧସ୍ଥାନକୁ ନିଆଯିବା ମେଷଶାବକ ତୁଲ୍ୟ, ଲୋମଚ୍ଛେଦକ-ମାନଙ୍କ ସମ୍ମୁଖରେ ନୀରବ ମେଷୀ ତୁଲ୍ୟ ହୋଇ ସେ ଆପଣା ମୁଖ ଫିଟାଇଲେ ନାହିଁ ।" ଯିଶାଇୟ ୫୩:୬(ଖ), ୭

"ଛାଗ ଓ ଗୋବତ୍ସର ରକ୍ତ ନୁହେଁ, ମାତ୍ର ଆପଣାର ରକ୍ତ ଘେନି ଏକାଥରକେ ମହାପବିତ୍ର ସ୍ଥାନରେ ପ୍ରବେଶ କରି ଅନନ୍ତ ମୁକ୍ତି ସାଧନ କରିଅଛନ୍ତି । କିନ୍ତୁ ଏବେ ସେ ଯୁଗାନ୍ତ ସମୟରେ ଆପଣାକୁ ବଳିରୂପେ ଉତ୍ସର୍ଗ କରିବା ଦ୍ୱାରା ପାପ ଦୂର କରିବାକୁ ପ୍ରକାଶିତ ହୋଇଅଛନ୍ତି । ସେହିପରି ଖ୍ରୀଷ୍ଟ ମଧ୍ୟ ଅନେକଙ୍କ ପାପ ବହନ କରିବା ନିମନ୍ତେ ଥରେମାତ୍ର ଉତ୍ସର୍ଗୀକୃତ ... ।" ଏବ୍ରୀ ୯:୧୨, ୨୬(ଖ), ୨୮(କ)

"ତୁମ୍ଭେମାନେ ଜାଣ ଯେ, ତୁମ୍ଭମାନଙ୍କ ପିତୃପୁରୁଷ-ମାନଙ୍କଠାରୁ ପ୍ରାପ୍ତ ପରମ୍ପରାଗତ ନିରର୍ଥକ ଆଚାରବ୍ୟବହାରରୁ ରୂପା କି ସୁନା ପରି କ୍ଷୟଣୀୟ ବସ୍ତୁ ଦ୍ୱାରା ମୁକ୍ତ ନ ହୋଇ ବରଂ ନିଖୁନ୍ତ ଓ ନିଷ୍କଳଙ୍କ ମେଷଶାବକ ସଦୃଶ ଖ୍ରୀଷ୍ଟଙ୍କ ବହୁମୂଲ୍ୟ ରକ୍ତରେ ମୁକ୍ତ ହୋଇଅଛ ।" ୧ ପିତର ୧:୧୮, ୧୯

"ତେବେ ଯେଉଁ ଖ୍ରୀଷ୍ଟ ଚିରନ୍ତନ ଆତ୍ମାଙ୍କ ଦ୍ୱାରା ଆପଣାକୁ ନିଖୁନ୍ତ ବଳିସ୍ୱରୂପେ ଈଶ୍ୱରଙ୍କ ନିକଟରେ ଉତ୍ସର୍ଗ କଲେ, ତାହାଙ୍କ ରକ୍ତ କେତେ ଅଧିକ ପରିମାଣରେ ଜୀବିତ ଈଶ୍ୱରଙ୍କ ସେବା କରିବା ନିମନ୍ତେ ମୃତ କର୍ମରୁ ଆମ୍ଭମାନଙ୍କ ବିବେକକୁ ଶୁଦ୍ଧ ନ କରିବ !" ଏବ୍ରୀ ୯:୧୪

# ମୁକ୍ତିମୂଲ୍ୟ ଦେଇ ମୁକ୍ତ କରନ୍ତି କେବଳ ଈଶ୍ୱର

''ପୁଣି ସେମାନେ ବିନାମୂଲ୍ୟରେ ତାହାଙ୍କ ଅନୁଗ୍ରହରେ, ଖ୍ରୀଷ୍ଟ ଯୀଶୁଙ୍କଠାରେ ଯେଉଁ ମୁକ୍ତି ଅଛି, ତଦ୍ଦ୍ୱାରା ଧାର୍ମିକ ଗଣିତ ହୁଅନ୍ତି । ଈଶ୍ୱର ... ତାହାଙ୍କୁ, ତାହାଙ୍କ ରକ୍ତରେ ବିଶ୍ୱାସ ଦ୍ୱାରା, ପ୍ରାୟଶ୍ଚିତ୍ତବଳିରୂପେ ପ୍ରଦର୍ଶନ କରିଅଛନ୍ତି ।''

ରୋମୀ ୩:୨୪, ୨୫(କ)

''କିନ୍ତୁ ଆମ୍ଭେମାନେ ପାପୀ ଥିବା ସମୟରେ ସୁଦ୍ଧା ଖ୍ରୀଷ୍ଟ ଯେ ଆମ୍ଭମାନଙ୍କ ନିମନ୍ତେ ମୃତ୍ୟୁଭୋଗ କଲେ, ... ଗଣିତ ହେବାରୁ ତାହାଙ୍କ ଦ୍ୱାରା ଈଶ୍ୱରଙ୍କ କ୍ରୋଧରୁ ରକ୍ଷା ପାଇବା ।''

ରୋମୀ ୫:୮,୯

''ତଥାପି ବ୍ୟବସ୍ଥାର କ୍ରିୟାକର୍ମ ଦ୍ୱାରା ମନୁଷ୍ୟ ଧାର୍ମିକ ଗଣିତ ନ ହୋଇ କେବଳ ଯୀଶୁ ଖ୍ରୀଷ୍ଟଙ୍କଠାରେ ବିଶ୍ୱାସ ଦ୍ୱାରା ଯେ ଧାର୍ମିକ ଗଣିତ ହୁଏ, ଏହା ଜାଣି ଆମ୍ଭେମାନେ ମଧ୍ୟ ଯୀଶୁ ଖ୍ରୀଷ୍ଟଙ୍କଠାରେ ବିଶ୍ୱାସ କରିଅଛୁ ।''

ଗାଲାତୀୟ ୨:୧୬(କ)

''କାରଣ ଅନୁଗ୍ରହରେ ବିଶ୍ୱାସ ଦ୍ୱାରା ତୁମ୍ଭେମାନେ ପରିତ୍ରାଣ ପାଇଅଛ; ତାହା ତୁମ୍ଭମାନଙ୍କ ନିଜଠାରୁ ହୋଇ ନାହିଁ, ତାହା ଈଶ୍ୱରଙ୍କ ଦାନ, କ୍ରିୟାକର୍ମରୁ ନୁହେଁ, ଯେପରି କେହି ଦର୍ପ ନ କରେ ।'' ଏଫିସୀୟ ୨:୮-୯

''ଯେକେହି ତାହାଙ୍କଠାରେ ବିଶ୍ୱାସ କରେ, ସେ ଯେ ତାହାଙ୍କ ନାମରେ ପାପକ୍ଷମା ପାଇବ, ଏହା ସମସ୍ତ ଭାବବାଦୀ ତାହାଙ୍କ ବିଷୟରେ ସାକ୍ଷ୍ୟ ଦିଅନ୍ତି ।'' ପ୍ରେରିତ ୧୦:୪୩

''ତାହାଙ୍କ ଛଡ଼ା ଆଉ କାହାଠାରେ ପରିତ୍ରାଣ ନାହିଁ; କାରଣ ଯାହା ଦ୍ୱାରା ଆମ୍ଭମାନଙ୍କୁ ପରିତ୍ରାଣ ପାଇବାକୁ ହେବ, ଆକାଶ ତଳେ ମନୁଷ୍ୟମାନଙ୍କ ମଧ୍ୟରେ ଆଉ କୌଣସି ନାମ ଦିଆଯାଇ ନାହିଁ ।'' ପ୍ରେରିତ ୪:୧୨

''ତାହାଙ୍କ ଅନୁଗ୍ରହରୂପ ନିଧି ଅନୁସାରେ ଆମ୍ଭେମାନେ ସେହି ପ୍ରିୟତମଙ୍କଠାରେ ତାହାଙ୍କ ରକ୍ତ ଦ୍ୱାରା ମୁକ୍ତି, ଅର୍ଥାତ୍, ଅପରାଧସବୁରୁ କ୍ଷମା ପ୍ରାପ୍ତ ହୋଇଅଛୁ ।''ଏଫିସୀୟ ୧:୭

# ପ୍ରଭୁ ଯୀଶୁଙ୍କ ଜନ୍ମ ଘୋଷିତ ହେଲା

''ଗାବ୍ରିଏଲ ଦୂତ ଈଶ୍ୱରଙ୍କ ନିକଟରୁ ଗାଲିଲୀର ନାଜରିତ ନାମକ ନଗରକୁ ଜଣେ କନ୍ୟା ନିକଟକୁ ପ୍ରେରିତ ହେଲେ । କନ୍ୟାଙ୍କ ନାମ ମରୀୟମ । ସେ ଗୃହରେ ପ୍ରବେଶ କରି ତାଙ୍କ ନିକଟକୁ ଆସି କହିଲେ, ଆଗୋ ଅନୁଗ୍ରହପାତ୍ରୀ, ତୁମ୍ଭର ମଙ୍ଗଳ ହେଉ, ପ୍ରଭୁ ତୁମ୍ଭର ସହବର୍ତ୍ତୀ । କିନ୍ତୁ ସେ ଏହି ବାକ୍ୟରେ ଅତିଶୟ ଉଦ୍‌ବିଗ୍ନ ହୋଇ ଏହା କିପ୍ରକାର ସମ୍ଭାଷଣ ବୋଲି ମନରେ ଆନ୍ଦୋଳନ କରିବାକୁ ଲାଗିଲେ । ସେଥିରେ ଦୂତ ତାଙ୍କୁ କହିଲେ, ଆଗୋ ମରୀୟମ, ଭୟ କର ନାହିଁ, କାରଣ ତୁମ୍ଭେ ଈଶ୍ୱରଙ୍କ ଛାମୁରେ ଅନୁଗ୍ରହ ପ୍ରାପ୍ତ ହୋଇଅଛ । ଆଉ ଦେଖ, ତୁମ୍ଭେ ଗର୍ଭଧାରଣ କରି ଗୋଟିଏ ପୁତ୍ର ପ୍ରସବ କରିବ ଓ ତାହାଙ୍କ ନାମ ଯୀଶୁ ଦେବ । ସେ ମହାନ ହେବେ ଓ ପରାତ୍ପରଙ୍କ ପୁତ୍ର ବୋଲି ଖ୍ୟାତ ହେବେ । ପ୍ରଭୁ ଈଶ୍ୱର ତାହାଙ୍କୁ ତାହାଙ୍କ ପିତା ଦାଉଦଙ୍କ ସିଂହାସନ ଦାନ କରିବେ, ସେ ଯାକୁବ ବଂଶ ଉପରେ ଯୁଗେ ଯୁଗେ ରାଜତ୍ୱ କରିବେ, ପୁଣି ତାହାଙ୍କ ରାଜ୍ୟର ଶେଷ ହେବ ନାହିଁ । କିନ୍ତୁ ମରୀୟମ ଦୂତଙ୍କୁ କହିଲେ, ଏହା କିପରି ହେବ ? ମୁଁ ତ ପୁରୁଷକୁ ଜାଣେ ନାହିଁ । ଦୂତ ତାଙ୍କୁ ଉତ୍ତର ଦେଲେ, ପବିତ୍ର ଆତ୍ମା ତୁମ୍ଭ ଉପରେ ଅବତରଣ କରିବେ ଓ ପରାତ୍ପରଙ୍କ ଶକ୍ତି ତୁମ୍ଭକୁ ଆବୋରିବ, ଏଣୁ ଯେ ଜାତ ହେବେ, ସେ ପବିତ୍ର ଓ ଈଶ୍ୱରଙ୍କ ପୁତ୍ର ବୋଲି ଖ୍ୟାତ ହେବେ । କାରଣ ଈଶ୍ୱରଙ୍କଠାରୁ ନିର୍ଗତ କୌଣସି ବାକ୍ୟ ଶକ୍ତିହୀନ ହେବ ନାହିଁ । ଏଥିରେ ମରୀୟମ କହିଲେ, ଦେଖନ୍ତୁ, ମୁଁ ପ୍ରଭୁଙ୍କ ଦାସୀ; ଆପଣଙ୍କ ବାକ୍ୟାନୁସାରେ ମୋ' ପ୍ରତି ଘଟୁ । ତାହା ପରେ ଦୂତ ତାଙ୍କ ନିକଟରୁ ପ୍ରସ୍ଥାନ କଲେ ।'' ଲୂକ ୧:୨୬(କ)-୩୮

*ଯେଉଁ ମନୁଷ୍ୟ ଦ୍ୱୟ ଯୌନ ମିଳନ ବିନା ଏ ଜଗତରେ ଜାତ ହୋଇଥିଲେ ସେମାନେ ହେଲେ ଆଦମ ଓ ଖ୍ରୀଷ୍ଟ । ଆଦମ ଜଗତକୁ ପାପ ଆଣିଲେ, କିନ୍ତୁ ଖ୍ରୀଷ୍ଟ ପାପ ଉପରେ ଆଣିଲେ ବିଜୟ ।*

# ପ୍ରଭୁଯୀଶୁ ପ୍ରକୃତରେ କିଏ ?

''ଖ୍ରୀଷ୍ଟ ଯୀଶୁଙ୍କର ଯେପରି ମନ ଥିଲା, ତୁମ୍ଭମାନଙ୍କର ସେହିପରି ମନ ହେଉ; ସେ ଈଶ୍ୱରରୂପୀ ହେଲେହେଁ ଈଶ୍ୱରଙ୍କ ସହିତ ସମାନ ହୋଇ ରହିବା ନିଜ ନିମନ୍ତେ ଧରି ରଖିବାର ବିଷୟ ମନେ କଲେ ନାହିଁ, କିନ୍ତୁ ମନୁଷ୍ୟ ସଦୃଶ ହୋଇ ଦାସରୂପ ଧାରଣ କରି ଆପଣାକୁ ଶୂନ୍ୟ କଲେ; ପୁଣି, ମନୁଷ୍ୟ ଭାବରେ ଦେଖାଯାଇ ମୃତ୍ୟୁ ପର୍ଯ୍ୟନ୍ତ, ହଁ, କ୍ରୁଶୀୟ ମୃତ୍ୟୁ ପର୍ଯ୍ୟନ୍ତ ଆଜ୍ଞାବହ ହୋଇ ଆପଣାକୁ ଅବନତ କଲେ ।''

ଫିଲିପ୍ପୀୟ ୨:୫-୮

''ମୁଁ ଓ ପିତା ଏକ । ତାହା ହେଲେ ଯାହାଙ୍କୁ ଈଶ୍ୱର ପବିତ୍ର କରି ଜଗତକୁ ପ୍ରେରଣ କଲେ, ତାହାଙ୍କୁ କଅଣ ତୁମ୍ଭେମାନେ, ମୁଁ ଈଶ୍ୱରଙ୍କ ପୁତ୍ର, ଏହା ମୁଁ କହିବାରୁ, ତୁ ଈଶ୍ୱର ନିନ୍ଦା କରୁଅଛୁ ବୋଲି କହୁଅଛ ?''

ଯୋହନ ୧୦:୩୦,୩୬

*ଯୀଶୁ ଖ୍ରୀଷ୍ଟ ଚିରସ୍ଥାୟୀ ଅନନ୍ତ ବାକ୍ୟ । ଈଶ୍ୱର ଆଶ୍ଚର୍ଯ୍ୟ ଭାବେ ତାଙ୍କୁ ମରିୟମଙ୍କ ଗର୍ଭସ୍ଥ କରାଇଲେ, ଶାରିରୀକ ଭାବେ ସେ 'ମନୁଷ୍ୟପୁତ୍ର' ରୂପେ ଏବଂ ଆତ୍ମିକ ଭାବେ ସେ 'ଈଶ୍ୱରଙ୍କ ପୁତ୍ର' ରୂପେ ପରିଚିତ । ଈଶ୍ୱର ଓ ତାଙ୍କ ବାକ୍ୟ ମଧ୍ୟରେ ଥିବା ସଂପର୍କକୁ ବ୍ୟାଖ୍ୟା କରିବା ପାଇଁ 'ପୁତ୍ର' ଶବ୍ଦଟି ବାଇବଲରେ ବ୍ୟବହୃତ ହୋଇଅଛି, ଯେ କି ସ୍ୱୟଂ ଯୀଶୁ ଖ୍ରୀଷ୍ଟ ।*

''ସେଥିପାଇଁ ଖ୍ରୀଷ୍ଟ ଜଗତକୁ ଆଗମନ କରି କହନ୍ତି, ବଳିଦାନ ଓ ନୈବେଦ୍ୟ ନ ଲୋଡ଼ି ମୋ' ନିମନ୍ତେ ଏକ ଶରୀର ପ୍ରସ୍ତୁତ କଲ ।'' ଏବ୍ରୀ ୧୦:୫

''କିନ୍ତୁ ଧର୍ମମୟ ଆତ୍ମା ସମ୍ବନ୍ଧରେ ମୃତମାନଙ୍କ ମଧ୍ୟରୁ ପୁନରୁତ୍‌ଥାନ ଦ୍ୱାରା ଈଶ୍ୱରଙ୍କ ପୁତ୍ର ବୋଲି ଶକ୍ତି ସହ ନିର୍ଦ୍ଦିଷ୍ଟ ହେଲେ ।'' ରୋମୀ ୧:୪

''ଥୋମା ତାହାଙ୍କୁ ଉତ୍ତର ଦେଲେ, ମୋହର ପ୍ରଭୁ, ମୋହର ଈଶ୍ୱର ।'' ଯୋହନ ୨୦:୨୮

''ଈଶ୍ୱରପରାୟଣତାର ନିଗୂଢ଼ ତତ୍ତ୍ୱ ଯେ ମହତ୍, ଏହା ସମସ୍ତେ ସ୍ୱୀକାର କରନ୍ତି । ତାହା ଏହି, ସେ ଦେହବନ୍ତ ହୋଇ ପ୍ରକାଶିତ ହେଲେ ।'' ୧ ତୀମଥି ୩:୧୬(କ)

''କାରଣ ଖ୍ରୀଷ୍ଟଙ୍କଠାରେ ସମ୍ପୂର୍ଣ୍ଣ ଈଶ୍ୱରତ୍ୱ ଦେହବନ୍ତ ହୋଇ ବାସ କରେ ।'' କଲସୀୟ ୨:୯

''କାରଣ ଆମ୍ଭମାନଙ୍କ ନିମନ୍ତେ ଏକ ବାଳକ ଜନ୍ମିଅଛନ୍ତି, ଆମ୍ଭମାନଙ୍କୁ ଏକ ପୁତ୍ର ଦତ୍ତ ହୋଇଅଛନ୍ତି ଓ ତାହାଙ୍କ ସ୍କନ୍ଧରେ କର୍ତ୍ତୃତ୍ୱଭାର ଥୁଆଯିବ; ପୁଣି ତାହାଙ୍କର ନାମ ଆଶ୍ଚର୍ଯ୍ୟ, ମନ୍ତ୍ରୀ, ପରାକ୍ରାନ୍ତ ପରମେଶ୍ୱର, ଅନନ୍ତକାଳୀନ ପିତା, ଶାନ୍ତିରାଜା ହେବ ।'' ଯିଶାଇୟ ୯:୬

''ଯୀଶୁ ସେମାନଙ୍କୁ କହିଲେ, ସତ୍ୟ ସତ୍ୟ ମୁଁ ତୁମ୍ଭମାନଙ୍କୁ କହୁଅଛି, ଅବ୍ରହାମଙ୍କ ଜନ୍ମ ପୂର୍ବରୁ ମୁଁ ଅଛି ।'' ଯୋହନ ୮:୫୮

''ତାହାଙ୍କଠାରେ ଜୀବନ ଥିଲା ଓ ସେହି ଜୀବନ ମନୁଷ୍ୟମାନଙ୍କର ଜ୍ୟୋତିଃ । ଯେଉଁ ସତ୍ୟ ଜ୍ୟୋତିଃ ପ୍ରତ୍ୟେକ ମନୁଷ୍ୟକୁ ଆଲୋକ ପ୍ରଦାନ କରନ୍ତି, ସେ ଜଗତକୁ ଆସୁଥିଲେ । ସେ ଜଗତରେ ଥିଲେ ଓ ଜଗତ ତାହାଙ୍କ ଦ୍ୱାରା ସୃଷ୍ଟ ହେଲା, ତଥାପି ଜଗତ ତାହାଙ୍କୁ ଚିହ୍ନିଲା ନାହିଁ ।'' ଯୋହନ ୧:୪, ୯–୧୦

''କାରଣ ଏକମାତ୍ର ଈଶ୍ୱର ଅଛନ୍ତି, ଆଉ ଈଶ୍ୱର ଓ ମନୁଷ୍ୟମାନଙ୍କ ମଧ୍ୟରେ ଏକମାତ୍ର ମଧ୍ୟସ୍ଥ ଅଛନ୍ତି, ସେ ଖ୍ରୀଷ୍ଟ ଯୀଶୁ, ଜଣେ ମନୁଷ୍ୟ ସେ ସମସ୍ତଙ୍କ ମୁକ୍ତିର ମୂଲ୍ୟ ସ୍ୱରୂପେ ଆପଣାକୁ ଦାନ କରି ଯଥାସମୟରେ ସେଥିର ସାକ୍ଷ୍ୟ ଦେଇଅଛନ୍ତି ।'' ୧ ତୀମଥି ୨:୫,୬

''ତାହାଙ୍କଠାରେ ଆମ୍ଭେମାନେ ମୁକ୍ତି, ଅର୍ଥାତ୍ ପାପକ୍ଷମା ପାଇଅଛୁ । ସେ ଅଦୃଶ୍ୟ ଈଶ୍ୱରଙ୍କ ପ୍ରତିମୂର୍ତ୍ତି ।'' କଲସୀୟ ୧:୧୪,୧୫(କ)

''କାରଣ କୌଣସି ଭାବବାଣୀ କେବେହେଁ ମନୁଷ୍ୟର ଇଚ୍ଛାରୁ ଉତ୍ପନ୍ନ ହୋଇ ନାହିଁ, ମାତ୍ର ଈଶ୍ୱରପ୍ରେରିତ ମନୁଷ୍ୟ–ମାନେ ପବିତ୍ର ଆତ୍ମାଙ୍କ ଦ୍ୱାରା ଚାଳିତ ହୋଇ କଥା କହିଥିଲେ ।'' ୨ ପିତର ୧:୨୧

''ପୁରାକାଳରୁ ଆପଣା ପବିତ୍ର ଭାବବାଦୀମାନଙ୍କ ମୁଖ ଦ୍ୱାରା ଯେପରି କହିଥିଲେ, ସେହି ସ୍ନେହପୂର୍ଣ୍ଣ କରୁଣା ହେତୁ ପ୍ରଭୁଙ୍କ ଲୋକମାନଙ୍କୁ ସେମାନଙ୍କ ପାପମୋଚନ ଦ୍ୱାରା ପରିତ୍ରାଣଜ୍ଞାନ ଦେବା ନିମନ୍ତେ... ।'' ଲୂକ ୧:୭୦, ୭୯

''ମୋ' ଦ୍ୱାରା ସଦାପ୍ରଭୁଙ୍କ ଆତ୍ମା କହିଲେ ଓ ତାହାଙ୍କର ବାକ୍ୟ ମୋ' ଜିହ୍ୱାରେ ଥିଲା ।'' ୨ ଶାମୁ. ୨୩:୨

''ପୁଣି ଏହି ଯେଉଁ ସକଳ କଥା ମୁଁ ଆଜି ତୁମ୍ଭକୁ ଆଜ୍ଞା କରୁଅଛି, ତାହା ତୁମ୍ଭେ ଆପଣା ହୃଦୟରେ ରଖିବ ।'' ଦ୍ୱି.ବିବ. ୬:୬

''ସମସ୍ତ ଶାସ୍ତ୍ର ଈଶ୍ୱର ନିଶ୍ୱସିତ ଏବଂ ଶିକ୍ଷା, ଅନୁଯୋଗ, ସଂଶୋଧନ ଓ ଧାର୍ମିକତା ସମ୍ବନ୍ଧୀୟ ଶାସନ ନିମନ୍ତେ ଉପକାରୀ ।'' ୨ ତୀମଥି ୩:୧୬

''ପୁଣି, ଆମ୍ଭେମାନେ ଯେପରି ଶାସ୍ତ୍ରଲବ୍ଧ ଧୈର୍ଯ୍ୟ ଓ ସାନ୍ତ୍ୱନା ଦ୍ୱାରା ଭରସା ପ୍ରାପ୍ତ ହେଉ, ଏଥିନିମନ୍ତେ ପୂର୍ବକାଳରେ ଯାହା ଯାହା ଲେଖା ହୋଇଥିଲା, ସେହିସବୁ ଆମ୍ଭମାନଙ୍କର ଶିକ୍ଷା ପାଇଁ ଲେଖା ହୋଇଅଛି ।'' ରୋମୀ ୧୫:୪

''ଯୀଶୁ ସେମାନଙ୍କୁ ଉତ୍ତର ଦେଲେ, ତୁମ୍ଭେମାନେ ଧର୍ମଶାସ୍ତ୍ର, ପୁଣି ଈଶ୍ୱରଙ୍କ ଶକ୍ତି ମଧ୍ୟ ନ ଜାଣି ଭ୍ରାନ୍ତ ହେଉଅଛ ।'' ମାଥିଉ ୨୨:୨୯

''କାରଣ ତୁମ୍ଭେ ଆପଣାର ସକଳ ନାମ ଅପେକ୍ଷା ଆପଣାର ବାକ୍ୟ ମହତ କରିଅଛ ।'' ଗୀତ ୧୩୮:୨(ଖ)

''ସେ ରକ୍ତନିମଜ୍ଜିତ ବସ୍ତ୍ର ପରିହିତ, ପୁଣି ତାହାଙ୍କର ନାମ ଈଶ୍ୱରଙ୍କ ବାକ୍ୟ ।'' ପ୍ରକାଶିତ ୧୯:୧୩

''ଆଦ୍ୟରେ ବାକ୍ୟ ଥିଲେ, ବାକ୍ୟ ଈଶ୍ୱରଙ୍କ ସଙ୍ଗରେ ଥିଲେ, ସେହି ବାକ୍ୟ ଈଶ୍ୱର ଥିଲେ । ଆଉ, ସେହି ବାକ୍ୟ ଦେହବନ୍ତ ହେଲେ, ... ଆମ୍ଭମାନଙ୍କ ମଧ୍ୟରେ ବାସ କଲେ ।''

ଯୋହନ ୧:୧,୧୪(କ)

### ଯୀଶୁ ଈଶ୍ୱରଙ୍କୁ ପ୍ରକାଶ କରନ୍ତି

''କେହି କେବେ ଈଶ୍ୱରଙ୍କୁ ଦେଖି ନାହିଁ, ପିତାଙ୍କ କୋଳସ୍ଥିତ ଅଦ୍ୱିତୀୟ ପୁତ୍ର ତାହାଙ୍କୁ ପ୍ରକାଶ କଲେ ।''

ଯୋହନ ୧:୧୮

''ଯେଣୁ ଅନ୍ଧକାରରୁ ଦୀପ୍ତି ପ୍ରକାଶ ପାଉ ବୋଲି ଆଜ୍ଞା ଦେଇଥିଲେ ଯେଉଁ ଈଶ୍ୱର, ସେ ଖ୍ରୀଷ୍ଟଙ୍କ ମୁଖରେ ପ୍ରକାଶିତ ଈଶ୍ୱରଙ୍କ ଗୌରବମୟ ଜ୍ଞାନର ଆଲୋକ ଦେଖାଇବା ନିମନ୍ତେ ଆମ୍ଭମାନଙ୍କ ହୃଦୟରେ ଆଲୋକ ପ୍ରକାଶ କରିଅଛନ୍ତି ।''

୨ କରିନ୍ଥୀୟ ୪:୬

### ଈଶ୍ୱର ଯୀଶୁଙ୍କ ଦ୍ୱାରା କଥା କହନ୍ତି

''ଈଶ୍ୱର ପୁରାକାଳରେ ବିଭିନ୍ନ ଭାଗରେ ଓ ବିଭିନ୍ନ ପ୍ରକାରେ ଭାବବାଦୀମାନଙ୍କ ଦ୍ୱାରା ପିତୃପୁରୁଷମାନଙ୍କୁ କଥା କହି ଏହି ଶେଷକାଳରେ ପୁତ୍ରଙ୍କ ଦ୍ୱାରା ଆମ୍ଭମାନଙ୍କୁ କଥା କହିଅଛନ୍ତି; ତାହାଙ୍କୁ ସେ ସମସ୍ତ ବିଷୟର ଅଧିକାରୀ କରି ନିଯୁକ୍ତ କଲେ, ତାହାଙ୍କ ଦ୍ୱାରା ମଧ୍ୟ ସମସ୍ତ ବିଶ୍ୱ ସୃଷ୍ଟି କଲେ ।'' ଏବ୍ରୀ ୧:୧, ୨

''ଯେ ମୋତେ ପ୍ରେମ କରେ ନାହିଁ, ସେ ମୋହର ବାକ୍ୟ ପାଳନ କରେ ନାହିଁ, ଆଉ ଯେଉଁ ବାକ୍ୟ ତୁମ୍ଭେମାନେ ଶୁଣୁଅଛ, ତାହା ମୋହର ନୁହେଁ, ମାତ୍ର ମୋହର ପ୍ରେରଣକର୍ତ୍ତା ପିତାଙ୍କର ।'' ଯୋହନ ୧୪:୨୪

# ଲିଖିତ ବାକ୍ୟ ଓ ଜୀବନ ରୂପ ବାକ୍ୟ ଅତୁଳନୀୟ

## ବାଇବଲ ଆତ୍ମା ନିମନ୍ତେ ଆହର ଅଟେ

''ମୁଁ ତାହାଙ୍କ ଓଷ୍ଠାଧର–ନିର୍ଗତ ଆଜ୍ଞାରୁ ବିମୁଖ ହୋଇ ନାହିଁ; ମୁଁ ଆପଣା ଆବଶ୍ୟକ ଆହାର ଅପେକ୍ଷା ଅଧିକ ତାହାଙ୍କ ମୁଖର ବାକ୍ୟ ସଞ୍ଚୟ କରିଅଛି ।''

ଆୟୁବ ୨୩:୧୨

''ମନୁଷ୍ୟ କେବଳ ରୋଟୀରେ ବଞ୍ଚିବ ନାହିଁ, ମାତ୍ର ଈଶ୍ୱରଙ୍କ ମୁଖରୁ ନିର୍ଗତ ପ୍ରତ୍ୟେକ ବାକ୍ୟରେ ବଞ୍ଚିବ ।''

ମାଥିଉ ୪:୪(ଖ)

## ବାଇବଲ ଆମର ପଥ ଆଲୋକିତ କରେ

''ତୁମ୍ଭ ବାକ୍ୟ ମୋ' ଚରଣ ପାଇଁ ପ୍ରଦୀପ ଓ ମୋ' ପଥ ପାଇଁ ଆଲୁଅ ଅଟେ ।'' ଗୀତ ୧୧୯:୧୦୫

''ତୁମ୍ଭ ବାକ୍ୟର ବିକାଶ ଆଲୁଅ ପ୍ରଦାନ କରେ; ତାହା ନିର୍ବୋଧକୁ ବୋଧ ଦିଏ ।'' ଗୀତ ୧୧୯:୧୩୦

## ଯୀଶୁ ସ୍ୱର୍ଗରୁ ପ୍ରଦତ୍ତ ଆହାର

''ମୁଁ ସ୍ୱର୍ଗରୁ ଅବତୀର୍ଣ୍ଣ ସେହି ଜୀବନ୍ତ ଆହାର; କେହି ଯଦି ଏହି ଆହାର ଭୋଜନ କରେ, ସେ ଅନନ୍ତ କାଳ ପର୍ଯ୍ୟନ୍ତ ଜୀବିତ ରହିବ; ହଁ, ମୁଁ ଯେଉଁ ଆହାର ଦେବି, ତାହା ମୋହର ମାଂସ, ମୁଁ ତାହା ଜଗତର ଜୀବନ ନିମନ୍ତେ ଦେବି । ମୁଁ ଜୀବନଦାୟକ ଆହାର ।'' ଯୋହନ ୬:୫୧,୪୮

## ଯୀଶୁ ଜଗତର ଜ୍ୟୋତିଃ

''ତାହାଙ୍କଠାରେ ଜୀବନ ଥିଲା ଓ ସେହି ଜୀବନ ମନୁଷ୍ୟମାନଙ୍କର ଜ୍ୟୋତିଃ । ଯୀଶୁ ପୁନର୍ବାର ଲୋକମାନଙ୍କୁ ଶିକ୍ଷା ଦେଇ କହିଲେ, ମୁଁ ଜଗତର ଜ୍ୟୋତିଃ; ଯେ ମୋହର ଅନୁଗମନ କରେ, ସେ କେବେହେଁ ଅନ୍ଧକାରରେ ଭ୍ରମଣ କରିବ ନାହିଁ, ବରଂ ଜୀବନର ଜ୍ୟୋତିଃ ପାଇବ ।''

ଯୋହନ ୧:୪, ୮:୧୨

## ବାଇବଲ ଫଳବହୁଳ ଜୀବନ ଆଣେ

‘‘ମାତ୍ର ସଦାପ୍ରଭୁଙ୍କ ବ୍ୟବସ୍ଥାରେ ଯାହାର ଆମୋଦ ଥାଏ ଓ ଯେ ଦିବାରାତ୍ର ତାହାଙ୍କର ବ୍ୟବସ୍ଥା ଧ୍ୟାନ କରେ, ସେ ଧନ୍ୟ । ଯେଉଁ ବୃକ୍ଷ ଜଳସ୍ରୋତ ନିକଟରେ ରୋପିତ, ଯେ ସ୍ୱସମୟରେ ଫଳ ଉତ୍ପନ୍ନ କରେ, ଯାହାର ପତ୍ରହିଁ ମଳିନ ହୁଏ ନାହିଁ, ଏପରି ବୃକ୍ଷ ସଦୃଶ ସେ ହେବ; ପୁଣି, ସେ ଯାହା କରେ, ତାହା ସଫଳ ହେବ ।’’ ଗୀତସଂହିତା ୧:୨,୩

## ଯୀଶୁ ଫଳପୂର୍ଣ୍ଣ ଜୀବନ ଦିଅନ୍ତି



‘‘ମୋ’ଠାରେ ରୁହ, ସେଥିରେ ମୁଁ ତୁମ୍ଭମାନଙ୍କଠାରେ ରହିବି । ଶାଖା ଯେପରି ଦ୍ରାକ୍ଷାଲତାରେ ନ ରହିଲେ ନିଜରୁ ଫଳ ଫଳି ପାରେ ନାହିଁ, ସେହିପରି ତୁମ୍ଭେମାନେ ମଧ୍ୟ ମୋ’ଠାରେ ନ ରହିଲେ ଫଳ ଫଳି ପାର ନାହିଁ । ମୁଁ ଦ୍ରାକ୍ଷାଲତା, ତୁମ୍ଭେମାନେ ଶାଖା; ଯେ ମୋ’ଠାରେ ରହେ ଓ ମୁଁ ଯାହାଠାରେ ରହେ, ସେ ପ୍ରଚୁର ଫଳ ଫଳେ; କାରଣ ମୋ’ ବିନା ତୁମ୍ଭେମାନେ କିଛି କରି ପାର ନାହିଁ ।’’ ଯୋହନ ୧୫:୪,୫

# ଈଶ୍ୱରଙ୍କ ବାକ୍ୟ ଯୀଶୁଙ୍କ ବିଷୟରେ କୁହେ

‘‘ତୁମ୍ଭେମାନେ ଧର୍ମଶାସ୍ତ୍ର ଅନୁସନ୍ଧାନ କରୁଅଛ, କାରଣ ସେଥିରେ ଅନନ୍ତ ଜୀବନ ପ୍ରାପ୍ତ ହୋଇଅଛ ବୋଲି ମନେ କରୁଅଛ; ଆଉ, ସେହି ଧର୍ମଶାସ୍ତ୍ର ମୋ’ ବିଷୟରେ ସାକ୍ଷ୍ୟ ଦେଉଅଛି । କାରଣ ତୁମ୍ଭେମାନେ ଯଦି ମୋଶାଙ୍କୁ ବିଶ୍ୱାସ କରନ୍ତ, ତେବେ ମୋତେ ବିଶ୍ୱାସ କରନ୍ତ, ଯେଣୁ ସେ ମୋ’ ବିଷୟରେ ଲେଖିଅଛନ୍ତି ।’’ ଯୋହନ ୫:୩୯, ୪୬

‘‘ପୁଣି ମୋଶା ଓ ସମସ୍ତ ଭାବବାଦୀଙ୍କଠାରୁ ଆରମ୍ଭ କରି ସମସ୍ତ ଧର୍ମଶାସ୍ତ୍ରରେ ଆପଣା ସମ୍ବନ୍ଧୀୟ କଥା ସେ ସେମାନଙ୍କୁ ବୁଝାଇଦେଲେ ।’’ ଲୂକ ୨୪:୨୭

"ହେ ସଦାପ୍ରଭୋ, ତୁମ୍ଭ ବାକ୍ୟ ଅନନ୍ତକାଳ ନିମନ୍ତେ ସ୍ୱର୍ଗରେ ସଂସ୍ଥାପିତ ଅଛି ।" ଗୀତ. ୧୧୯:୮୯

"ତୁମ୍ଭର ସମୁଦାୟ ବାକ୍ୟ ସତ୍ୟ ଓ ତୁମ୍ଭର ଧର୍ମମୟ ପ୍ରତ୍ୟେକ ଶାସନ ନିତ୍ୟସ୍ଥାୟୀ ।" ଗୀତ. ୧୧୯:୧୬୦

"ତୃଣ ଶୁଷ୍କ ହୋଇଯାଏ, ପୁଷ୍ପ ମଳିନ ହୁଏ; ମାତ୍ର ଆମ୍ଭମାନଙ୍କ ପରମେଶ୍ୱରଙ୍କ ବାକ୍ୟ ଅନନ୍ତକାଳସ୍ଥାୟୀ ।"
ଯିଶାଇୟ ୪୦:୮

"ଯେପର୍ଯ୍ୟନ୍ତ ଆକାଶମଣ୍ଡଳ ଓ ପୃଥିବୀ ଲୋପ ନ ପାଇବ, ସେପର୍ଯ୍ୟନ୍ତ ସମସ୍ତ ନ ଘଟିବା ଯାଏ ବ୍ୟବସ୍ଥାରୁ ଏକ ମାତ୍ରା କି ଏକ ବିନ୍ଦୁ କୌଣସି ପ୍ରକାରେ ଲୋପ ପାଇବ ନାହିଁ ।" ମାଥିଉ ୫:୧୮(ଖ)

"(ଆଉ ଧର୍ମଶାସ୍ତ୍ର ଖଣ୍ଡନ କରାଯାଇ ପାରେ ନାହିଁ)"
ଯୋହନ ୧୦:୩୫(ଖ)

## ବାଇବଲକୁ ପରିବର୍ତ୍ତନ କରିବାକୁ ମନୁଷ୍ୟ ସାହସ ନ କରୁ

"ମୁଁ ଯାହା ଯାହା ତୁମ୍ଭମାନଙ୍କୁ ଆଜ୍ଞା ଦେଉଅଛି, ତାହାସବୁ ତୁମ୍ଭେମାନେ ପାଳନ କରିବାକୁ ମନୋଯୋଗ କରିବ; ତୁମ୍ଭେ ତହିଁରେ ଯୋଗ କରିବ ନାହିଁ କି ତହିଁରୁ ଊଣା କରିବ ନାହିଁ ।" ଦ୍ୱି.ବିବ. ୧୨:୩୨

"ତାହାଙ୍କ ବାକ୍ୟରେ ଯୋଗ କର ନାହିଁ, କଲେ ସେ ତୁମ୍ଭକୁ ଊଣା କରିବେ, ପୁଣି ତୁମ୍ଭେ ମିଥ୍ୟାବାଦୀ ଜଣା ପଡ଼ିବ ।"
ହିତୋପଦେଶ ୩୦:୬

"ପୁଣି କେହି ଯଦି ଏହି ଭାବବାଣୀ ପୁସ୍ତକର କୌଣସି ବାକ୍ୟ ଲୋପ କରେ, ତେବେ ଈଶ୍ୱର ଏହି ପୁସ୍ତକରେ ଲିଖିତ ଜୀବନବୃକ୍ଷ ଓ ପବିତ୍ର ନଗରୀରେ ତାହାର ଅଂଶ ଲୋପ କରିବେ ।" ପ୍ରକାଶିତ ୨୨:୧୯

"ଯେଉଁ ଲୋକ (ପରମେଶ୍ୱରଙ୍କ) ବାକ୍ୟ ତୁଚ୍ଛ କରେ, ସେ ଆପଣା ଉପରକୁ ବିନାଶ ଆଣେ ।"
ହିତୋପଦେଶ ୧୩:୧୩(କ)

''ମୁଁ ମୋହର ପ୍ରାଣ ଦାନ କରିବାରୁ ପିତା ମୋତେ ପ୍ରେମ କରନ୍ତି, ଆଉ ମୁଁ ମୋହର ପ୍ରାଣ ପୁନର୍ବାର ଗ୍ରହଣ କରିବା ନିମନ୍ତେ ତାହା ଦାନ କରେ । କେହି ମୋ'ଠାରୁ ତାହା ନେଇଯାଇ ନାହିଁ, ମାତ୍ର ମୁଁ ଆପେ ତାହା ଦାନ କରେ । ତାହା ଦାନ କରିବାକୁ ମୋହର ଅଧିକାର ଅଛି ଓ ତାହା ପୁନର୍ବାର ଗ୍ରହଣ କରିବାକୁ ମୋହର ଅଧିକାର ଅଛି ।''

ଯୋହନ ୧୦:୧୭, ୧୮(କ)

''ଯୀଶୁ ଉତ୍ତର ଦେଲେ, ଯଦି ଊର୍ଦ୍ଧ୍ୱରୁ ଆପଣଙ୍କୁ ଦତ୍ତ ହୋଇ ନ ଥାଆନ୍ତା, ତାହାହେଲେ ମୋ' ବିରୁଦ୍ଧରେ ଆପଣଙ୍କର କୌଣସି ଅଧିକାର ନ ଥାଆନ୍ତା ।'' ଯୋହନ ୧୯:୧୧

''ଅଥବା ତୁମ୍ଭେ କଅଣ ମନେ କରୁଅଛ ଯେ, ମୁଁ ମୋହର ପିତାଙ୍କୁ ବିନତି କରି ପାରେ ନାହିଁ ଓ ସେ ଏହିକ୍ଷଣି ମୋ' ନିମନ୍ତେ ଦ୍ୱାଦଶ ବାହିନୀ ଅପେକ୍ଷା ଅଧିକ ଦୂତଙ୍କୁ ପଠାଇଦେବେ ନାହିଁ ? ତେବେ ଏହି ପ୍ରକାରେ ଅବଶ୍ୟ ଘଟିବ ବୋଲି ଧର୍ମଶାସ୍ତ୍ରର ବାକ୍ୟ କିପ୍ରକାର ସଫଳ ହେବ ?''

ମାଥିଉ ୨୬:୫୩, ୫୪

''କିନ୍ତୁ ଈଶ୍ୱର ଆପଣା ଖ୍ରୀଷ୍ଟଙ୍କ ଦୁଃଖଭୋଗ ବିଷୟରେ ସମସ୍ତ ଭାବବାଦୀଙ୍କ ମୁଖ ଦ୍ୱାରା ଯାହା ଯାହା ପୂର୍ବରୁ ପ୍ରଚାର କରିଥିଲେ, ସେହିସବୁ ସେ ଏହିପ୍ରକାରେ ସଫଳ କରିଅଛନ୍ତି ।''

ପ୍ରେରିତ ୩:୧୮

''ସେହି ବ୍ୟକ୍ତି ଈଶ୍ୱରଙ୍କ ନିରୂପିତ ସଂକଳ୍ପ ଓ ପୂର୍ବାଜ୍ଞାନୁସାରେ ସମର୍ପିତ ହୁଅନ୍ତେ ଆପଣମାନେ ତାହାଙ୍କୁ ଅଧାର୍ମିକମାନଙ୍କ ହସ୍ତ ଦ୍ୱାରା କ୍ରୁଶାରୋପଣ କରି ବଧ କରିଥିଲେ ।''

ପ୍ରେରିତ ୨:୨୩

''ତଥାପି ତାହାଙ୍କୁ ଚୂର୍ଣ୍ଣ କରିବାକୁ ସଦାପ୍ରଭୁଙ୍କର ଅଭିମତ ହେଲା; ... ତୁମ୍ଭେ ତାହାଙ୍କ ପ୍ରାଣକୁ ପାପାର୍ଥକ ବଳି କଲେ, ସେ ଆପଣା ବଂଶ ଦେଖିବେ ।''ଯିଶାଇୟ ୫୩:୧୦(କ)

''ଏହିସମସ୍ତ ଦୁଃଖ ଭୋଗ କରି ଆପଣା ମହିମାରେ ପ୍ରବେଶ କରିବା କଅଣ ଖ୍ରୀଷ୍ଟଙ୍କର ଆବଶ୍ୟକ ନ ଥିଲା ?''

ଲୂକ ୨୪:୨୬

‘‘ପୁଣି, ତାହାଙ୍କ ଦକ୍ଷିଣ ପାର୍ଶ୍ୱରେ ଜଣେ ଓ ବାମ ପାର୍ଶ୍ୱରେ ଜଣେ, ଏହିପରି ଦୁଇଜଣ ଡକାଇତଙ୍କୁ ସେମାନେ ତାହାଙ୍କ ସହିତ କ୍ରୁଶରେ ଚଢ଼ାଇଦେଲେ । [ସେଥିରେ ଧର୍ମଶାସ୍ତ୍ରର ଏହି ବାକ୍ୟ ସଫଳ ହେଲା, ସେ ଅଧାର୍ମିକମାନଙ୍କ ସହିତ ଗଣିତ ହେଲେ] ।’’ ମାର୍କ ୧୫:୨୭-୨୮

‘‘ଅତଏବ ସୈନ୍ୟମାନେ ଆସି ପ୍ରଥମ ଜଣକର ଗୋଡ଼ ଓ ତାହା ସହିତ ଯେଉଁ ଜଣକ କ୍ରୁଶରେ ଚଢ଼ାଯାଇଥିଲା, ତାହାର ଗୋଡ଼ ମଧ୍ୟ ଭାଙ୍ଗି ଦେଲେ । ମାତ୍ର ସେମାନେ ଯୀଶୁଙ୍କ ନିକଟକୁ ଆସି ସେ ମରିଗଲେଣି ବୋଲି ଦେଖି ତାହାଙ୍କ ଗୋଡ଼ ଭାଙ୍ଗିଲେ ନାହିଁ, କିନ୍ତୁ ସୈନ୍ୟମାନଙ୍କ ମଧ୍ୟରୁ ଜଣେ ବର୍ଚ୍ଛାରେ ତାହାଙ୍କ କକ୍ଷଦେଶ ବିନ୍ଧିଲା, ଆଉ ତତ୍‌କ୍ଷଣାତ୍ ରକ୍ତ ଓ ଜଳ ବାହାର ହେଲା । ଯେ ଦେଖିଅଛି, ସେ ସାକ୍ଷ୍ୟ ଦେଇଅଛି, ଯେପରି ତୁମ୍ଭେମାନେ ମଧ୍ୟ ବିଶ୍ୱାସ କର; ପୁଣି ତାହାର ସାକ୍ଷ୍ୟ ସତ୍ୟ, ଆଉ ସେ ଯେ ସତ୍ୟ କହୁଅଛି, ଏହା ସେ ଜାଣନ୍ତି । କାରଣ ଧର୍ମଶାସ୍ତ୍ରର ଏହି ବାକ୍ୟ ସଫଳ ହେବା ନିମନ୍ତେ ଏସମସ୍ତ ବିଷୟ ଘଟିଲା, ତାହାଙ୍କର ଖଣ୍ଡେ ଅସ୍ଥି ଭଗ୍ନ ହେବ ନାହିଁ । ପୁନର୍ବାର ଧର୍ମଶାସ୍ତ୍ରର ଆଉ ଗୋଟିଏ ବାକ୍ୟ ଏହି, ସେମାନେ ଯାହାଙ୍କୁ ବିଦ୍ଧ କଲେ, ତାହାଙ୍କ ପ୍ରତି ଦୃଷ୍ଟିପାତ କରିବେ ।’’ ଯୋହନ ୧୯:୩୨-୩୭

‘‘ପରେ ବାର ଘଣ୍ଟାଠାରୁ ତିନି ଘଣ୍ଟା ପର୍ଯ୍ୟନ୍ତ ଦେଶ-ଯାକ ଅନ୍ଧକାର ଘୋଟିଗଲା । କିନ୍ତୁ ଯୀଶୁ ପୁନର୍ବାର ଉଚ୍ଚ ସ୍ୱରରେ ଡାକି ପ୍ରାଣତ୍ୟାଗ କଲେ । ପୁଣି ଦେଖ, ମନ୍ଦିରର ବିଚ୍ଛେଦବସ୍ତ୍ର ଉପରୁ ତଳ ପର୍ଯ୍ୟନ୍ତ ଚିରି ଦୁଇ ଖଣ୍ଡ ହେଲା, ଆଉ ଭୂମିକମ୍ପ ହେଲା ଓ ଶୈଳସବୁ ବିଦୀର୍ଣ୍ଣ ହେଲା, ଶତସେନାପତି ଓ ତାଙ୍କ ସାଙ୍ଗରେ ଯେଉଁମାନେ ଯୀଶୁଙ୍କୁ ଜଗିଥିଲେ, ସେମାନେ ଭୂମିକମ୍ପାଦି ଘଟନା ଦେଖି ଅତ୍ୟନ୍ତ ଭୀତ ହୋଇ କହିଲେ, ସତ୍ୟ, ଏ ଈଶ୍ୱରଙ୍କ ପୁତ୍ର ଥିଲେ ।’’

ମାଥିଉ ୨୭:୪୫, ୫୦-୫୧, ୫୪

''କିନ୍ତୁ ଈଶ୍ୱର ମୃତ୍ୟୁର ବନ୍ଧନ ମୁକ୍ତ କରି ତାହାଙ୍କୁ ଉଠାଇ ଅଛନ୍ତି, କାରଣ ସେ ଯେ ମୃତ୍ୟୁ ଦ୍ୱାରା ଆବଦ୍ଧ ରହିବେ, ତାହା ଅସମ୍ଭବ । ଏହି ଯୀଶୁଙ୍କୁ ଈଶ୍ୱର ଉଠାଇଅଛନ୍ତି, ସେ ବିଷୟରେ ଆମ୍ଭେମାନେ ସମସ୍ତେ ସାକ୍ଷୀ ।''

ପ୍ରେରିତ ୨:୨୪, ୩୨

''ଅତଏବ, ସନ୍ତାନମାନେ ରକ୍ତମାଂସର ସହଭାଗୀ ହୋଇଥିବାରୁ ସେ ମଧ୍ୟ ନିଜେ ସେହିପରି ସେଥିର ସହଭାଗୀ ହେଲେ, ଯେପରି ମୃତ୍ୟୁ ଦ୍ୱାରା ମୃତ୍ୟୁର ଅଧିକାରୀକୁ, ଅର୍ଥାତ୍, ଶୟତାନକୁ ବିନାଶ କରନ୍ତି, ପୁଣି ମୃତ୍ୟୁର ଭୟରେ ଯେଉଁମାନେ ଯାବଜ୍ଜୀବନ ଦାସତ୍ୱର ବନ୍ଧନରେ ଥିଲେ, ସେମାନଙ୍କୁ ସେ ଉଦ୍ଧାର କରନ୍ତି ।'' ଏବ୍ରୀ ୨:୧୪, ୧୫

''ରେ ମୃତ୍ୟୁ, କାହିଁ ତୋର ଜୟ ? ରେ ମୃତ୍ୟୁ, କାହିଁ ତୋର ନାହୁଡ଼ ? କିନ୍ତୁ ଯେଉଁ ଈଶ୍ୱର ଆମ୍ଭମାନଙ୍କ ପ୍ରଭୁ ଯୀଶୁ ଖ୍ରୀଷ୍ଟଙ୍କ ଦ୍ୱାରା ଆମ୍ଭମାନଙ୍କୁ ଜୟ ପ୍ରଦାନ କରନ୍ତି, ତାହାଙ୍କର ଧନ୍ୟବାଦ ହେଉ ।'' ୧ କରିନ୍ଥୀ ୧୫:୫୫, ୫୭

''ଭୟ କର ନାହିଁ, ଆମ୍ଭେ ପ୍ରଥମ ଓ ଶେଷ, ପୁଣି ସ୍ୱୟଂଜୀବୀ; ଆମ୍ଭେ ମୃତ ହେଲୁ, ଆଉ ଦେଖ, ଆମ୍ଭେ ଯୁଗେ ଯୁଗେ ଜୀବିତ ଅଟୁ, ପୁଣି ଆମ୍ଭର ହସ୍ତରେ ମୃତ୍ୟୁ ଓ ପାତାଳର କଞ୍ଚି ଅଛି ।'' ପ୍ରକାଶିତ ୧:୧୮

''ଈଶ୍ୱରଙ୍କ ଶକ୍ତି ଅନୁସାରେ ..., କିନ୍ତୁ ଏବେ ଆମ୍ଭମାନଙ୍କ ତ୍ରାଣକର୍ତ୍ତା ଖ୍ରୀଷ୍ଟ ଯୀଶୁଙ୍କର ଆବିର୍ଭାବ ଦ୍ୱାରା ପ୍ରକାଶିତ ହୋଇଅଛି; ସେ ମୃତ୍ୟୁକୁ ଲୋପ କରିଅଛନ୍ତି; ପୁଣି, ସୁସମାଚାର ଦ୍ୱାରା ଜୀବନ ଓ ଅମରତାକୁ ଆଲୋକରେ ପ୍ରକାଶ କରିଅଛନ୍ତି ।'' ୨ ତୀମଥି ୧:୮(ଖ), ୧୦

''ତାହାଙ୍କ ଉପରେ ମୃତ୍ୟୁର ଆଉ କର୍ତ୍ତୃତ୍ୱ ନାହିଁ ।''

ରୋମୀ ୬:୯(ଖ)

''ଦେଖ ..., ଯଦି କେହି ଆମ୍ଭର ସ୍ୱର ଶୁଣି ଦ୍ୱାର ଫିଟାଇଦେବ, ତାହାହେଲେ ଆମ୍ଭେ ପ୍ରବେଶ କରି ତାହା ନିକଟକୁ ଯିବୁ, ପୁଣି ଆମ୍ଭେ ତାହା ସହିତ ଭୋଜନ କରିବୁ ଓ ସେ ଆମ୍ଭ ସହିତ ଭୋଜନ କରିବ ।'' ପ୍ରକାଶିତ ୩:୨୦

''କିନ୍ତୁ ଯେ ..., ତାହାଙ୍କଠାରେ ବିଶ୍ୱାସ କରେ, ତାହା ପକ୍ଷରେ ତା'ର ବିଶ୍ୱାସ ଧାର୍ମିକତା ବୋଲି ଗଣିତ ହୁଏ ।'' ରୋମୀ ୪:୫

''ପବିତ୍ର ଆତ୍ମାଙ୍କୁ ଗ୍ରହଣ କର । ମାଗ, ପୁଣି ତୁମ୍ଭମାନଙ୍କର ଆନନ୍ଦ ଯେପରି ପରିପୂର୍ଣ୍ଣ ହୁଏ, ସେଥିନିମନ୍ତେ ତୁମ୍ଭେମାନେ ତାହା ପାଇବ ।'' ଯୋହନ ୨୦:୨୨(ଖ), ୧୬:୨୪(ଖ)

''ଯେଣୁ ତୁମ୍ଭେ ଯଦି ମୁଖରେ ଯୀଶୁଙ୍କୁ ପ୍ରଭୁ ବୋଲି ସ୍ୱୀକାର କରିବ, ଆଉ ଈଶ୍ୱର ତାହାଙ୍କୁ ମୃତମାନଙ୍କ ମଧ୍ୟରୁ ଉଠାଇଅଛନ୍ତି ବୋଲି ହୃଦୟରେ ବିଶ୍ୱାସ କରିବ, ତେବେ ପରିତ୍ରାଣ ପ୍ରାପ୍ତ ହେବ ।'' ରୋମୀ ୧୦:୯

''ଯେ ପିତା କି ମାତାକୁ ମୋ'ଠାରୁ ଅଧିକ ପ୍ରିୟଜ୍ଞାନ କରେ, ସେ ମୋହର ଯୋଗ୍ୟ ନୁହେଁ । ସେତେବେଳେ ଯୀଶୁ ଆପଣା ଶିଷ୍ୟମାନଙ୍କୁ କହିଲେ, କେହି ଯେବେ ମୋହର ଅନୁଗାମୀ ହେବାକୁ ଇଚ୍ଛା କରେ, ତେବେ ସେ ଆପଣାକୁ ଅସ୍ୱୀକାର କରୁ, ପୁଣି ଆପଣା କ୍ରୁଶ ଘେନି ମୋହର ଅନୁଗମନ କରୁ । କାରଣ ଯେ କେହି ଆପଣା ଜୀବନ ରକ୍ଷା କରିବାକୁ ଇଚ୍ଛା କରେ, ସେ ତାହା ହରାଇବ; କିନ୍ତୁ ଯେ କେହି ମୋ' ନିମନ୍ତେ ଆପଣା ଜୀବନ ହରାଇବ, ସେ ତାହା ପ୍ରାପ୍ତ ହେବ ।'' ମାଥିଉ ୧୦:୩୭(ଖ), ୧୬:୨୪, ୨୫

''ଆଉ ଯଦି ତୁମ୍ଭେମାନେ ଖ୍ରୀଷ୍ଟଙ୍କର, ତେବେ ତୁମ୍ଭେମାନେ ତ ଅବ୍ରହାମଙ୍କ ବଂଶ, ପ୍ରତିଜ୍ଞା ଅନୁସାରେ ଉତ୍ତରାଧିକାରୀ ।'' ଗାଲାତୀୟ ୩:୨୯

''ସେମାନେ କହିଲେ, ପ୍ରଭୁ ଯୀଶୁଙ୍କଠାରେ ବିଶ୍ୱାସ କର, ତାହା ହେଲେ ତୁମ୍ଭେ ସପରିବାରରେ ପରିତ୍ରାଣ ପାଇବ ।'' ପ୍ରେରିତ ୧୬:୩୧

''ସେହି ସାକ୍ଷ୍ୟ ଏହି ଯେ, ଈଶ୍ୱର ଆମ୍ଭମାନଙ୍କୁ ଅନନ୍ତ ଜୀବନ ଦେଇଅଛନ୍ତି, ପୁଣି ସେହି ଜୀବନ ତାହାଙ୍କ ପୁତ୍ରଙ୍କଠାରେ ଅଛି । ଯେ ପୁତ୍ରଙ୍କୁ ପାଇଅଛି, ସେ ଜୀବନ ପାଇଅଛି; ଯେ ଈଶ୍ୱରଙ୍କ ପୁତ୍ରଙ୍କୁ ପାଇ ନାହିଁ, ସେ ଜୀବନହିଁ ପାଇ ନାହିଁ ।'' ୧ ଯୋହନ ୫:୧୧,୧୨

''ମାତ୍ର ଏପରି ଅପରାଧରେ ମୃତ ହେଲେହେଁ ଦୟା-ସାଗର ଯେ ଈଶ୍ୱର, ସେ ଆମ୍ଭମାନଙ୍କୁ ଯେଉଁ ମହା ପ୍ରେମରେ ପ୍ରେମ କଲେ, ସେଥିସକାଶେ ଆମ୍ଭମାନଙ୍କୁ ଖ୍ରୀଷ୍ଟଙ୍କ ସହିତ ସଜୀବ କରିଅଛନ୍ତି ।'' ଏଫିସୀ ୨:୪, ୫(କ)

''ମୁଁ ଖ୍ରୀଷ୍ଟଙ୍କ ସହିତ କ୍ରୁଶରେ ହତ ହୋଇଅଛି; ମୁଁ ଆଉ ଜୀବିତ ନୁହେଁ, ମାତ୍ର ଖ୍ରୀଷ୍ଟ ମୋ'ଠାରେ ଜୀବିତ ଅଛନ୍ତି; ପୁଣି ମୁଁ ଶରୀରରେ ଥାଇ ବର୍ତ୍ତମାନ ଯେଉଁ ଜୀବନ ଯାପନ କରୁଅଛି, ତାହା ବିଶ୍ୱାସରେ, ଅର୍ଥାତ୍, ଈଶ୍ୱରଙ୍କ ଯେଉଁ ପୁତ୍ର ମୋତେ ପ୍ରେମ କରି ମୋ' ନିମନ୍ତେ ଆପଣାକୁ ଉତ୍ସର୍ଗ କଲେ, ତାହାଙ୍କଠାରେ ବିଶ୍ୱାସ କରି ଯାପନ କରୁଅଛି ।'' ଗାଲାତୀୟ ୨:୨୦

''କାରଣ ଜୀବନଦାୟକ ଆତ୍ମାଙ୍କ ବ୍ୟବସ୍ଥା ଖ୍ରୀଷ୍ଟ ଯୀଶୁଙ୍କ ସହଭାଗିତାରେ ତୁମ୍ଭକୁ ପାପ ଓ ମୃତ୍ୟୁଦାୟକ ବ୍ୟବସ୍ଥାରୁ ମୁକ୍ତ କରିଅଛି ।'' ରୋମୀ ୮:୨

''ଏଣୁ ଯଦି କେହି ଖ୍ରୀଷ୍ଟଙ୍କଠାରେ ଅଛି, ତେବେ ସେ ନୂତନ ସୃଷ୍ଟି ହୋଇଅଛି; ପୁରାତନ ବିଷୟସବୁ ଲୋପ ପାଇଅଛି, ଦେଖ, ନୂତନ ବିଷୟସବୁ ହୋଇଅଛି ।'' ୨ କରିନ୍ଥୀ ୫:୧୭

''ଯେଣୁ ତୁମ୍ଭେମାନେ କ୍ଷୟଣୀୟ ବୀଜରୁ ନୁହେଁ, ବରଂ ଅକ୍ଷୟ ବୀଜରୁ, ଅର୍ଥାତ୍ ଈଶ୍ୱରଙ୍କ ଜୀବନ୍ତ ଓ ଚିରସ୍ଥାୟୀ ବାକ୍ୟ ଦ୍ୱାରା ପୁନର୍ଜାତ ହୋଇଅଛ ।'' ୧ ପିତର ୧:୨୩

''ନବଜାତ ଶିଶୁ ତୁଲ୍ୟ ପାରମାର୍ଥିକ ଅମିଶ୍ରିତ ଦୁଗ୍ଧ ପାନ କରିବାକୁ ଇଚ୍ଛା କର, ଯେପରି ତଦ୍ଦ୍ୱାରା ପରିତ୍ରାଣାର୍ଥେ ବୃଦ୍ଧି ପାଇ ପାର ।'' ୧ ପିତର ୨:୩

‘‘ପରମେଶ୍ୱର ଆପଣା ପବିତ୍ର ବାସସ୍ଥାନରେ ପିତୃହୀନମାନଙ୍କର ପିତା ଓ ବିଧବାମାନଙ୍କର ବିଚାରକର୍ତ୍ତା ଅଟନ୍ତି ।’’ ଗୀତ. ୬୮:୫

‘‘ମାତ୍ର ଏବେ ହେ ସଦାପ୍ରଭୁ, ତୁମ୍ଭେ ଆମ୍ଭମାନଙ୍କର ପିତା ଅଟ; ଆମ୍ଭେମାନେ ମୃତ୍ତିକା, ତୁମ୍ଭେ ଆମ୍ଭମାନଙ୍କର କୁମ୍ଭକାର; ପୁଣି ଆମ୍ଭେ ସମସ୍ତେ ତୁମ୍ଭର ହସ୍ତକୃତ କର୍ମ । ହେ ସଦାପ୍ରଭୋ, ତୁମ୍ଭେ ଆମ୍ଭମାନଙ୍କର ପିତା ଅଟ; ଅନନ୍ତକାଳରୁ ଆମ୍ଭମାନଙ୍କର ମୁକ୍ତିଦାତା ବୋଲି ତୁମ୍ଭର ନାମ ଅଛି ।’’
ଯିଶାଇୟ ୬୪:୮; ୬୩:୧୬(ଖ)

‘‘ପୁଣି ଯେଉଁ ସ୍ଥଳରେ ସେମାନଙ୍କୁ, ତୁମ୍ଭେମାନେ ଆମ୍ଭର ଲୋକ ନୁହଁ ବୋଲି କୁହା ଯାଇଥିଲା, ସେସ୍ଥଳରେ ସେମାନଙ୍କୁ କୁହାଯିବ ଯେ, ତୁମ୍ଭେମାନେ ଜୀବିତ ପରମେଶ୍ୱରଙ୍କର ସନ୍ତାନଗଣ ଅଟ ।’’ ହୋଶେୟ ୧:୧୦(ଖ)

‘‘ଏଣୁ ତୁମ୍ଭେମାନେ ଦୁଷ୍ଟ ହେଲେ ସୁଦ୍ଧା ଯେବେ ଆପଣା ଆପଣା ପିଲାମାନଙ୍କୁ ଉତ୍ତମ ଉତ୍ତମ ଦାନ ଦେଇ ଜାଣ, ତେବେ ତୁମ୍ଭମାନଙ୍କର ସ୍ୱର୍ଗସ୍ଥ ପିତା ତାହାଙ୍କ ଛାମୁରେ ମାଗିବା ଲୋକମାନଙ୍କୁ କେତେ ଅଧିକ ରୂପେ ଉତ୍ତମ ଉତ୍ତମ ବିଷୟ ନ ଦେବେ ! ଅତଏବ ତୁମ୍ଭେମାନେ ଏହିପ୍ରକାରେ ପ୍ରାର୍ଥନା କର, ହେ ଆମ୍ଭମାନଙ୍କ ସ୍ୱର୍ଗସ୍ଥ ପିତା, ତୁମ୍ଭ ନାମ ପବିତ୍ର ବୋଲି ମାନ୍ୟ ହେଉ ।’’ ମାଥିଉ ୭:୧୧; ୬:୯

‘‘ପୁଣି, ଆମ୍ଭେ ତୁମ୍ଭମାନଙ୍କୁ ଗ୍ରହଣ କରିବା, ଆମ୍ଭେ ତୁମ୍ଭମାନଙ୍କର ପିତା ହେବା, ପୁଣି, ତୁମ୍ଭେମାନେ ଆମ୍ଭର ପୁତ୍ରକନ୍ୟା ହେବ, ଏହା ସର୍ବଶକ୍ତିମାନ ପ୍ରଭୁ କହନ୍ତି ।’’
୨ କରିନ୍ଥୀ ୬:୧୭(ଖ), ୧୮

‘‘ଯେଣୁ ଯେତେ ଲୋକ ଈଶ୍ୱରଙ୍କ ଆତ୍ମାଙ୍କ ଦ୍ୱାରା ଚାଳିତ ହୁଅନ୍ତି, ସେମାନେ ଈଶ୍ୱରଙ୍କ ସନ୍ତାନ ।’’ ରୋମୀ. ୮:୧୪

''ଯୀଶୁ ତାଙ୍କୁ କହିଲେ, ମୁଁ ପଥ, ସତ୍ୟ ଓ ଜୀବନ; ମୋ' ଦେଇ ନ ଗଲେ କେହି ପିତାଙ୍କ ନିକଟକୁ ଯାଏ ନାହିଁ । ଯଦି ତୁମ୍ଭେମାନେ ମୋତେ ଜାଣିଥାଆନ୍ତ, ତାହାହେଲେ ମୋହର ପିତାଙ୍କୁ ମଧ୍ୟ ଜାଣିଥାଆନ୍ତ; ଏବେହେଁ ତାହାଙ୍କୁ ଜାଣୁଅଛ ଓ ତାହାଙ୍କୁ ଦେଖିଅଛ । ଯଦି କେହି ମୋତେ ପ୍ରେମ କରେ, ତାହାହେଲେ ସେ ମୋହର ବାକ୍ୟ ପାଳନ କରିବ, ପୁଣି ମୋହର ପିତା ତାହାକୁ ପ୍ରେମ କରିବେ, ଆଉ ଆମ୍ଭେମାନେ ତାହା ନିକଟକୁ ଆସି ତାହା ସହିତ ବାସ କରିବା ।'' ଯୋହନ ୧୪:୬, ୭, ୨୩(ଖ)

''ଈଶ୍ୱର ଆପଣା ନିକଟରୁ ନିଜ ପୁତ୍ରଙ୍କୁ ପ୍ରେରଣ କଲେ; ପୁଣି ଆମ୍ଭେମାନେ ପୁତ୍ରତ୍ୱର ଅଧିକାର ପ୍ରାପ୍ତ ହେଉ । ଆଉ ତୁମ୍ଭେମାନେ ପୁତ୍ର, ଏଥିସକାଶେ ଈଶ୍ୱର ଆପଣା ନିକଟରୁ ନିଜ ପୁତ୍ରଙ୍କ ଆତ୍ମାଙ୍କୁ ଆମ୍ଭମାନଙ୍କ ହୃଦୟକୁ ପ୍ରେରଣ କଲେ; ସେହି ଆତ୍ମା ଆବ୍ବା, ପିତଃ ବୋଲି ଡାକନ୍ତି ।'' ଏଣୁ ତୁମ୍ଭେ ଆଉ ଦାସ ନୁହଁ, କିନ୍ତୁ ପୁତ୍ର, ପୁଣି ଯଦି ପୁତ୍ର, ତେବେ ଈଶ୍ୱରଙ୍କ କର୍ତ୍ତୃକ ଉତ୍ତରାଧିକାରୀ । କାରଣ ତୁମ୍ଭେମାନେ ସମସ୍ତେ ଯୀଶୁ ଖ୍ରୀଷ୍ଟଙ୍କ–ଠାରେ ବିଶ୍ୱାସ ଦ୍ୱାରା ଈଶ୍ୱରଙ୍କର ସନ୍ତାନ ହୋଇଅଛ ।''

ଗାଲାତୀୟ ୪:୪(ଖ),୫(ଖ)–୭; ୩:୨୬

''ମାତ୍ର ଯେତେ ଲୋକ ତାହାଙ୍କୁ ଗ୍ରହଣ କଲେ, ଅର୍ଥାତ୍ ଯେଉଁମାନେ ତାହାଙ୍କ ନାମରେ ବିଶ୍ୱାସ କଲେ, ସେସମସ୍ତଙ୍କୁ ସେ ଈଶ୍ୱରଙ୍କ ସନ୍ତାନ ହେବା ନିମନ୍ତେ ଅଧିକାର ଦେଲେ ।''

ଯୋହନ ୧:୧୨

''କିନ୍ତୁ କେହି ଯଦି ପାପ କରେ, ତାହାହେଲେ ପିତାଙ୍କ ଛାମୁରେ ଆମ୍ଭମାନଙ୍କର ଜଣେ ସପକ୍ଷବାଦୀ ଅଛନ୍ତି, ସେହି ଧାର୍ମିକ ଯୀଶୁ ଖ୍ରୀଷ୍ଟ ।'' ୧ ଯୋହନ ୨:୧(ଖ)

''କାରଣ ତାହାଙ୍କ ଦେଇ ଆମ୍ଭେମାନେ ଉଭୟ ଏକ ଆତ୍ମାଙ୍କ ଦ୍ୱାରା ପିତାଙ୍କ ନିକଟକୁ ଯିବା ପାଇଁ ପଥ ପାଇଅଛୁ ।''

ଏଫିସୀୟ ୨:୧୮

# ପ୍ରେମ, ଆନନ୍ଦ ଓ ଶାନ୍ତି ଦିଅନ୍ତି ଯୀଶୁ

''ଯେ ପ୍ରେମ କରେ ନାହିଁ, ସେ ଈଶ୍ୱରଙ୍କୁ ଜାଣେ ନାହିଁ, କାରଣ ଈଶ୍ୱର ତ ପ୍ରେମ । ଯେ ପ୍ରେମରେ ରହେ, ସେ ଈଶ୍ୱରଙ୍କଠାରେ ରହେ ଓ ଈଶ୍ୱର ତାହାଠାରେ ରହନ୍ତି ।''
୧ ଯୋହନ ୪:୮, ୧୬(ଖ)

''ଆଉ, ପରସ୍ପର ପ୍ରତି ସଦୟ ହୁଅ, କୋମଳହୃଦୟ ହୁଅ, ପୁଣି ଈଶ୍ୱର ଖ୍ରୀଷ୍ଟଙ୍କଠାରେ ତୁମ୍ଭମାନଙ୍କୁ ଯେପରି କ୍ଷମା କଲେ, ସେହିପରି ପରସ୍ପରକୁ କ୍ଷମା କର ।'' ଏଫିସୀ ୪:୩୨

''ଯଦି ତୁମ୍ଭମାନଙ୍କର ପରସ୍ପର ପ୍ରତି ପ୍ରେମ ଥାଏ, ତାହା–ହେଲେ ତୁମ୍ଭେମାନେ ଯେ ମୋହର ଶିଷ୍ୟ, ଏହା ସମସ୍ତେ ତଦ୍ଦ୍ୱାରା ଜ୍ଞାତ ହେବେ ।'' ଯୋହନ ୧୩:୩୫

''କିନ୍ତୁ ଆତ୍ମାଙ୍କ ଫଳ ପ୍ରେମ, ଆନନ୍ଦ ଓ ଶାନ୍ତି ।''
ଗାଲାତୀୟ ୫:୨୨(କ)

''ତଥାପି ମୁଁ ସଦାପ୍ରଭୁଙ୍କଠାରେ ଆନନ୍ଦ କରିବି, ମୁଁ ଆପଣା ତ୍ରାଣର ପରମେଶ୍ୱରଙ୍କଠାରେ ଉଲ୍ଲାସ କରିବି ।''
ହବକ୍‌କୂକ ୩:୧୮

''ତୁମ୍ଭେ ମୋତେ ଜୀବନର ପଥ ଦେଖାଇବ; ତୁମ୍ଭ ସମ୍ମୁଖରେ ଆନନ୍ଦର ପୂର୍ଣ୍ଣତା ଥାଏ; ତୁମ୍ଭ ଦକ୍ଷିଣ ପାଖରେ ନିତ୍ୟ ସୁଖଭୋଗ ଥାଏ ।'' ଗୀତ. ୧୬:୧୧

''ଅତଏବ ବିଶ୍ୱାସ ଦ୍ୱାରା ଧାର୍ମିକ ଗଣିତ ହେବାରୁ ଆମ୍ଭେମାନେ ଆମ୍ଭମାନଙ୍କ ପ୍ରଭୁ ଯୀଶୁ ଖ୍ରୀଷ୍ଟଙ୍କ ଦ୍ୱାରା ଈଶ୍ୱରଙ୍କ ସହିତ ଶାନ୍ତିରେ ଅଛୁ ।'' ରୋମୀ. ୫:୧

''ମୁଁ ତୁମ୍ଭମାନଙ୍କୁ ଶାନ୍ତି ଦାନ କରି ଯାଉଅଛି, ମୋହର ନିଜର ଶାନ୍ତି ତୁମ୍ଭମାନଙ୍କୁ ଦାନ କରୁଅଛି; ଜଗତ ଯେପରି ଦାନ କରେ, ମୁଁ ତୁମ୍ଭମାନଙ୍କୁ ସେପରି ଦାନ କରୁ ନାହିଁ । ତୁମ୍ଭମାନଙ୍କ ହୃଦୟ ଉଦ୍‌ବିଗ୍ନ କି ଭୟଗ୍ରସ୍ତ ନ ହେଉ ।''
ଯୋହନ ୧୪:୨୭

''ସେଥିରେ ସମସ୍ତ ବୋଧର ଅଗମ୍ୟ ଯେ ଈଶ୍ୱରଙ୍କ ଶାନ୍ତି, ତାହା ତୁମ୍ଭମାନଙ୍କର ହୃଦୟ ଓ ମନକୁ ଖ୍ରୀଷ୍ଟ ଯୀଶୁଙ୍କ ସହଭାଗିତାରେ ସୁରକ୍ଷା କରି ରଖିବ ।'' ଫିଲିପ୍ପୀ. ୪:୭

"ଆଉ ଯେ ମୃତମାନଙ୍କ ମଧ୍ୟରୁ ଯୀଶୁଙ୍କୁ ଉଠାଇଲେ, ତାହାଙ୍କର ଆତ୍ମା ଯଦି ତୁମ୍ଭମାନଙ୍କଠାରେ ବାସ କରନ୍ତି, ତେବେ ଯେ ମୃତମାନଙ୍କ ମଧ୍ୟରୁ ଖ୍ରୀଷ୍ଟ ଯୀଶୁଙ୍କୁ ଉଠାଇଲେ, ସେ ତୁମ୍ଭମାନଙ୍କଠାରେ ବାସ କରୁଥିବା ଆପଣା ଆତ୍ମାଙ୍କ ଦ୍ୱାରା ତୁମ୍ଭମାନଙ୍କ ମର୍ତ୍ତ୍ୟ ଶରୀରକୁ ମଧ୍ୟ ଜୀବିତ କରିବେ ।"

ରୋମୀ. ୮:୧୧

"ଈଶ୍ୱର ପ୍ରଭୁଙ୍କୁ ଉଠାଇଲେ, ପୁଣି ଆପଣା ଶକ୍ତି ଦ୍ୱାରା ଆମ୍ଭମାନଙ୍କୁ ମଧ୍ୟ ଉଠାଇବେ ।" ୧ କରିନ୍ଥୀ ୬:୧୪

"କାରଣ ଯେକେହି ପୁତ୍ରଙ୍କୁ ଦର୍ଶନ କରି ତାହାଙ୍କଠାରେ ବିଶ୍ୱାସ କରେ, ସେ ଯେପରି ଅନନ୍ତ ଜୀବନ ପ୍ରାପ୍ତ ହୁଏ, ଏହାହିଁ ମୋହର ପିତାଙ୍କର ଇଚ୍ଛା; ଆଉ ମୁଁ ତାହାକୁ ଶେଷ ଦିନରେ ଉତ୍ଥାପନ କରିବି ।" ଯୋହନ ୬:୪୦

"ଯୀଶୁ ତାଙ୍କୁ କହିଲେ, ମୁଁ ପୁନରୁତ୍ଥାନ ଓ ଜୀବନ; ଯେ ମୋ'ଠାରେ ବିଶ୍ୱାସ କରେ, ସେ ଯଦ୍ୟପି ମରେ, ତଥାପି ସେ ବଞ୍ଚିବ, ପୁଣି ଯେକେହି ବଞ୍ଚେ ଓ ମୋ'ଠାରେ ବିଶ୍ୱାସ କରେ, ସେ କଦାପି କେବେହେଁ ମରିବ ନାହିଁ ।"

ଯୋହନ ୧୧:୨୫, ୨୬(କ)

"କାରଣ ମନୁଷ୍ୟ ଦ୍ୱାରା ମୃତ୍ୟୁ ଉପସ୍ଥିତ ହୋଇଥିବାରୁ ମନୁଷ୍ୟ ଦ୍ୱାରା ମଧ୍ୟ ମୃତମାନଙ୍କର ପୁନରୁତ୍ଥାନ ଉପସ୍ଥିତ ହୋଇଅଛି । ଯେଣୁ ଆଦମ ଦ୍ୱାରା ଯେପରି ସମସ୍ତେ ମୃତ୍ୟୁ-ଭୋଗ କରନ୍ତି, ସେହିପରି ମଧ୍ୟ ଖ୍ରୀଷ୍ଟଙ୍କ ଦ୍ୱାରା ସମସ୍ତେ ସଜୀବ ହେବେ । କିନ୍ତୁ ପ୍ରତ୍ୟେକ ଜଣ ଆପଣା ଆପଣା ଶ୍ରେଣୀରେ ପ୍ରଥମ ଫଳ ସ୍ୱରୂପ ଖ୍ରୀଷ୍ଟ, ପରେ ଖ୍ରୀଷ୍ଟଙ୍କ ଆଗମନ ସମୟରେ ତାହାଙ୍କ ଆଶ୍ରିତମାନେ ।"

୧ କରିନ୍ଥୀ ୧୫:୨୧-୨୩

"କାରଣ ମୁଁ ଜୀବିତ, ଆଉ ତୁମ୍ଭେମାନେ ମଧ୍ୟ ଜୀବିତ ରହିବ ।" ଯୋହନ ୧୪:୧୯(ଖ)

"କିନ୍ତୁ ଆମ୍ଭେମାନେ ଯଦି ଖ୍ରୀଷ୍ଟଙ୍କ ସହିତ ମରିଅଛୁ, ତାହାହେଲେ ଆମ୍ଭେମାନେ ଯେ ତାହାଙ୍କ ସହିତ ମଧ୍ୟ ବଞ୍ଚିବା, ଏହା ଆମ୍ଭେମାନେ ବିଶ୍ୱାସ କରୁ ।" ରୋମୀ. ୬:୮

# ଏପରି ମହାପରିତ୍ରାଣ ଅବହେଳା କର ନାହିଁ

‘‘କେହି ମୋଶାଙ୍କ ବ୍ୟବସ୍ଥାକୁ ଅମାନ୍ୟ କଲେ, ସେ ଦୟା ପ୍ରାପ୍ତ ନ ହୋଇ ଦୁଇ କିମ୍ବା ତିନି ଜଣ ସାକ୍ଷୀଙ୍କ ପ୍ରମାଣରେ ହତ ହୁଏ; ତେବେ ଭାବି ଦେଖ, ଯେ ଈଶ୍ୱରଙ୍କ ପୁତ୍ରଙ୍କୁ ପଦଦଳିତ କରିଅଛି, ନିୟମର ଯେଉଁ ରକ୍ତ ଦ୍ୱାରା ସେ ପବିତ୍ରୀକୃତ ହୋଇଥିଲା, ତାହାକୁ ସାମାନ୍ୟ ବିଷୟ ବୋଲି ମନେ କରିଅଛି ଓ ଅନୁଗ୍ରହଦାତା ଆତ୍ମାଙ୍କୁ ଅବମାନନା କରିଅଛି, ସେ କେଡ଼େ ଅଧିକ ଗୁରୁତର ଦଣ୍ଡର ଯୋଗ୍ୟ ନ ହେବ !’’ ଏବ୍ରୀ ୧୦:୨୮–୨୯

‘‘ଯେ ମୋତେ ଅଗ୍ରାହ୍ୟ କରେ ଓ ମୋହର ବାକ୍ୟ ଗ୍ରହଣ କରେ ନାହିଁ, ତାହାର ବିଚାରକର୍ତ୍ତା ଅଛି; ମୁଁ ଯେଉଁ ବାକ୍ୟ କହିଅଛି, ତାହା ଶେଷ ଦିନରେ ତାହାର ବିଚାର କରିବ ।’’ ଯୋହନ ୧୨:୪୮

‘‘ତେଣୁ ତୁମ୍ଭେମାନେ ଯେ ଆପଣା ଆପଣା ପାପରେ ମରିବ, ମୁଁ ତୁମ୍ଭମାନଙ୍କୁ ଏହା କହିଲି; କାରଣ ମୁଁ ଯେ ସେହି ବ୍ୟକ୍ତି, ଏହା ତୁମ୍ଭେମାନେ ବିଶ୍ୱାସ ନ କଲେ ଆପଣା ଆପଣା ପାପରେ ମରିବ ।’’ ଯୋହନ ୮:୨୪

‘‘କିନ୍ତୁ ମୋର ବନ୍ଧୁ ଯେ ତୁମ୍ଭେମାନେ, ତୁମ୍ଭମାନଙ୍କୁ ମୁଁ କହୁଅଛି, ଯେଉଁମାନେ ଶରୀରକୁ ବଧ କରନ୍ତି, ମାତ୍ର ତାହା ପରେ ଆଉ କିଛି କରି ପାରନ୍ତି ନାହିଁ, ସେମାନଙ୍କୁ ଭୟ କର ନାହିଁ । କିନ୍ତୁ କାହାକୁ ଭୟ କରିବ, ତାହା ମୁଁ ତୁମ୍ଭମାନଙ୍କୁ ଜଣାଇବି; ବଧ କଲା ଉତ୍ତାରେ ନରକରେ ନିକ୍ଷେପ କରିବା ନିମନ୍ତେ ଯାହାଙ୍କର ଅଧିକାର ଅଛି, ତାହାଙ୍କୁ ଭୟ କର; ହଁ, ମୁଁ ତୁମ୍ଭମାନଙ୍କୁ ସତ୍ୟ କହୁଅଛି, ତାହାଙ୍କୁ ଭୟ କର ।’’ ଲୂକ ୧୨:୪–୫

‘‘ତେବେ ଏପରି ମହାପରିତ୍ରାଣ ଅବହେଳା କଲେ ଆମ୍ଭେମାନେ କିପରି ରକ୍ଷା ପାଇବା ?’’ ଏବ୍ରୀ ୨:୩(କ)

‘‘ମାତ୍ର ଯେ ପୁତ୍ରଙ୍କୁ ଅମାନ୍ୟ କରେ, ସେ ଜୀବନ ଦେଖିବ ନାହିଁ, କିନ୍ତୁ ସେ ଈଶ୍ୱରଙ୍କ କ୍ରୋଧର ପାତ୍ର ହୋଇ ରହିଥାଏ ।’’ ଯୋହନ ୩:୩୬(ଖ)

''କାରଣ ଯେଉଁ ଦିନ ସେ ଆପଣା ନିରୂପିତ ବ୍ୟକ୍ତିଙ୍କ ଦ୍ୱାରା ଧାର୍ମିକତାରେ ଜଗତର ବିଚାର କରିବେ, ଏହିପରି ଗୋଟିଏ ଦିନ ସ୍ଥିର କରିଅଛନ୍ତି, ଆଉ ତାହାଙ୍କୁ ମୃତମାନଙ୍କ ମଧ୍ୟରୁ ଉତ୍‌ଥାପନ କରି ଏ ବିଷୟରେ ସମସ୍ତଙ୍କ ନିକଟରେ ପ୍ରମାଣ ଦେଇଅଛନ୍ତି ।'' ପ୍ରେରିତ ୧୭:୩୧

''ପୁଣି ପିତା ମଧ୍ୟ କାହାରି ବିଚାର କରନ୍ତି ନାହିଁ, ମାତ୍ର ସମସ୍ତେ ପିତାଙ୍କୁ ଯେଉଁ ପ୍ରକାରେ ସମାଦର କରନ୍ତି, ସେହି ପ୍ରକାରେ ପୁତ୍ରଙ୍କୁ ମଧ୍ୟ ଯେପରି ସମାଦର କରିବେ, ସେଥିନିମନ୍ତେ ପୁତ୍ରଙ୍କୁ ସମସ୍ତ ବିଚାର କରିବାର ଅଧିକାର ଦେଇଅଛନ୍ତି । ଯେ ପୁତ୍ରଙ୍କୁ ସମାଦର କରେ ନାହିଁ, ସେ ତାହାଙ୍କର ପ୍ରେରଣକର୍ତ୍ତା ପିତାଙ୍କୁ ମଧ୍ୟ ସମାଦର କରେ ନାହିଁ ।'' ଯୋହନ ୫:୨୨–୨୩

''କାରଣ ଭଲ ହେଉ ବା ମନ୍ଦ ହେଉ, ପ୍ରତ୍ୟେକ ଜଣ ଆପଣା ଶରୀର ଦ୍ୱାରା କୃତ କର୍ମାନୁସାରେ ଫଳ ପାଇବା ନିମନ୍ତେ ଖ୍ରୀଷ୍ଟଙ୍କ ବିଚାରାସନ ଛାମୁରେ ଆମ୍ଭ ସମସ୍ତଙ୍କୁ ପ୍ରକାଶିତ ହେବାକୁ ହେବ ।'' ୨ କରିନ୍ଥୀ ୫:୧୦

''ଯେଉଁ ଦିନରେ ଈଶ୍ୱର ମୋହର ସୁସମାଚାର ଅନୁସାରେ ଯୀଶୁ ଖ୍ରୀଷ୍ଟଙ୍କ ଦ୍ୱାରା ମନୁଷ୍ୟମାନଙ୍କର ଗୁପ୍ତ ବିଷୟଗୁଡ଼ିକ ବିଚାର କରିବେ ।'' ରୋମୀ. ୨:୧୬(କ)

''କାରଣ ପ୍ରଭୁ ଯୀଶୁ ଯେତେବେଳେ ଆପଣା ଶକ୍ତିମାନ ଦୂତମାନଙ୍କ ସହିତ ପ୍ରଜ୍ୱଳିତ ଅଗ୍ନି ସହ ସ୍ୱର୍ଗରୁ ପ୍ରକାଶିତ ହେବେ, ଯେଉଁମାନେ ଈଶ୍ୱରଙ୍କୁ ଜାଣନ୍ତି ନାହିଁ ଓ ଆମ୍ଭମାନଙ୍କ ପ୍ରଭୁ ଯୀଶୁଙ୍କ ସୁସମାଚାର ମାନନ୍ତି ନାହିଁ, ସେମାନଙ୍କୁ ସେ ସେତେବେଳେ ଦଣ୍ଡ ଦେବେ ।''

୨ ଥେସଲନୀକୀ ୧:୬(ଖ), ୮

''କିନ୍ତୁ ମୋର ଏହି ଯେଉଁ ଶତ୍ରୁମାନେ ମୁଁ ସେମାନଙ୍କ ଉପରେ ରାଜତ୍ୱ କରେ ବୋଲି ଇଚ୍ଛା କରି ନ ଥିଲେ, ସେମାନଙ୍କୁ ଏଠାକୁ ଆଣି ମୋର ସାକ୍ଷାତରେ ହତ୍ୟା କର ।''

ଲୂକ ୧୯:୨୭

# ନାମମାତ୍ର ଅନୁଗାମୀ ଯୀଶୁଙ୍କର ନିଜସ୍ୱ ନୁହେଁ

''ସେମାନେ ଈଶ୍ୱରଙ୍କୁ ଜାଣନ୍ତି ବୋଲି ସ୍ୱୀକାର କରନ୍ତି, କିନ୍ତୁ ସେମାନଙ୍କ କର୍ମ ଦ୍ୱାରା ତାହାଙ୍କୁ ଅସ୍ୱୀକାର କରନ୍ତି ।''

ତିତସ ୧:୧୬(କ)

''ଯଦି କେହି ଖ୍ରୀଷ୍ଟଙ୍କ ଆତ୍ମା ପାଇ ନ ଥାଏ, ତେବେ ସେ ତାହାଙ୍କର ନୁହେଁ ।'' ରୋମୀ ୮:୯(ଖ)

''ଆମ୍ଭ ଲୋକଙ୍କ ପରି ତୁମ୍ଭ ସମ୍ମୁଖରେ ବସନ୍ତି ଓ ତୁମ୍ଭ କଥା ଶୁଣନ୍ତି, ମାତ୍ର ତାହା ପାଳନ କରନ୍ତି ନାହିଁ; କାରଣ ସେମାନେ ମୁଖରେ ବହୁତ ପ୍ରେମ ଦେଖାନ୍ତି, ମାତ୍ର ସେମାନଙ୍କର ଅନ୍ତଃକରଣ ସେମାନଙ୍କର ଲାଭର ଅନୁଗାମୀ ହୁଏ ।'' ଯିହିଜିକଲ ୩୩:୩୧(ଖ)

''ଏହି ଜାତି ମୁଖରେ ଆମ୍ଭକୁ ସମାଦର କରନ୍ତି, କିନ୍ତୁ ସେମାନଙ୍କ ହୃଦୟ ଆମ୍ଭଠାରୁ ଦୂରରେ ଥାଏ ।''

ମାଥିଉ ୧୫:୮

''ମୋତେ ପ୍ରଭୁ, ପ୍ରଭୁ ବୋଲି ଡାକନ୍ତି, ଏପରି ପ୍ରତ୍ୟେକେ ସ୍ୱର୍ଗରାଜ୍ୟରେ ପ୍ରବେଶ କରିବେ ନାହିଁ, ମାତ୍ର ଯେ ମୋହର ସ୍ୱର୍ଗସ୍ଥ ପିତାଙ୍କ ଇଚ୍ଛା ସାଧନ କରେ, ସେ ପ୍ରବେଶ କରିବ । ସେଦିନ ଅନେକେ ମୋତେ କହିବେ, ହେ ପ୍ରଭୁ, ହେ ପ୍ରଭୁ, ଆମ୍ଭେମାନେ କି ତୁମ୍ଭ ନାମରେ ଭାବବାଣୀ କହିଲୁ ନାହିଁ? ପୁଣି ତୁମ୍ଭ ନାମରେ କି ଭୂତମାନଙ୍କୁ ଛଡ଼ାଇଲୁ ନାହିଁ ? ଆଉ ତୁମ୍ଭ ନାମରେ କି ଅନେକ ଶକ୍ତିର କାର୍ଯ୍ୟ କଲୁ ନାହିଁ ? ସେତେବେଳେ ମୁଁ ସେମାନଙ୍କୁ ସ୍ପଷ୍ଟ ରୂପେ କହିବି, ମୁଁ ତୁମ୍ଭମାନଙ୍କୁ କେବେହେଁ ଜାଣି ନାହିଁ । ହେ ଅଧର୍ମାଚାରୀମାନେ, ମୋ' ପାଖରୁ ଦୂର ହୁଅ ।''

ମାଥିଉ ୭:୨୧–୨୩

''ସେହି ପ୍ରକାରେ ତୁମ୍ଭେମାନେ ମଧ୍ୟ ବାହାରେ ଲୋକଙ୍କ ଦୃଷ୍ଟିରେ ଧାର୍ମିକ ଦେଖାଯାଅ, କିନ୍ତୁ ଭିତରେ କପଟ ଓ ଅଧର୍ମରେ ପରିପୂର୍ଣ୍ଣ ।'' ମାଥିଉ ୨୩:୨୮

''ଯଦି ଆମ୍ଭେମାନେ ତାହାଙ୍କ ଆଜ୍ଞା ପାଳନ କରୁ, ତେବେ ତଦ୍ଦ୍ୱାରା ଜ୍ଞାତ ହେଉ ଯେ, ଆମ୍ଭେମାନେ ତାହାଙ୍କୁ ଜାଣୁ ।''
୧ ଯୋହନ ୨:୩

''ପୁଣି ଆମ୍ଭେ ତୁମ୍ଭମାନଙ୍କ ଅନ୍ତରରେ ଆମ୍ଭର ଆତ୍ମା ସ୍ଥାପନ କରିବା ଓ ତୁମ୍ଭମାନଙ୍କୁ ଆମ୍ଭର ବିଧିରୂପ ପଥରେ ଚଳାଇବା, ତହିଁରେ ତୁମ୍ଭେମାନେ ଆମ୍ଭର ଶାସନସକଳ ରକ୍ଷା କରି ପାଳନ କରିବ ।'' ଯିହିଜିକଲ ୩୬:୨୭

''ପୁଣି ସିଦ୍ଧ ହୋଇ ନିଜ ଆଜ୍ଞାକାରୀମାନଙ୍କ ପ୍ରତି ଅନନ୍ତ ପରିତ୍ରାଣର କାରଣସ୍ୱରୂପ ହେଲେ ।'' ଏବ୍ରୀ ୫:୯

''ପୁଣି ପାପରୁ ମୁକ୍ତ ହୋଇ ଧାର୍ମିକତାର ଦାସ ହୋଇଅଛ ।'' ରୋମୀ. ୬:୧୮

''କାରଣ ଆମ୍ଭେମାନେ ତାହାଙ୍କ ରଚନା, ଯେସମସ୍ତ ସତ୍‌କାର୍ଯ୍ୟ ଆମ୍ଭେମାନେ କରିବୁ ବୋଲି ଈଶ୍ୱର ପୂର୍ବରୁ ଆୟୋଜନ କରିଥିଲେ, ଆଚରଣରେ ସେହିସବୁ ସାଧନ କରିବା ନିମନ୍ତେ ଖ୍ରୀଷ୍ଟ ଯୀଶୁଙ୍କଠାରେ ସୃଷ୍ଟ ।''
ଏଫିସୀ ୨:୧୦

''ତାହାହେଲେ ଶରୀର ପାପ ହେତୁ ମୃତ ଅଟେ, ମାତ୍ର ଆତ୍ମା ଧାର୍ମିକତା ହେତୁ ଜୀବିତ ଅଟେ । କାରଣ ଯଦି ଶାରୀରିକ ଭାବାନୁସାରେ ତୁମ୍ଭେମାନେ ଜୀବନ ଯାପନ କର, ତେବେ ଅବଶ୍ୟ ମରିବ, କିନ୍ତୁ ଯଦି ଆତ୍ମାଙ୍କ ଦ୍ୱାରା ତୁମ୍ଭେମାନେ ଶରୀରର କର୍ମସବୁକୁ ବିନାଶ କର, ତେବେ ଜୀବିତ ହେବ ।'' ରୋମୀ. ୮:୧୦, ୧୩

''ଆଉ, ଯେକେହି ପ୍ରଭୁଙ୍କର ନାମ ଧରେ, ସେ ଅଧର୍ମରୁ ଦୂରରେ ରହୁ ।'' ୨ ତୀମଥି ୨:୧୯(ଖ)

''କିନ୍ତୁ ପିତର ଓ ଅନ୍ୟ ପ୍ରେରିତମାନେ ଉତ୍ତର ଦେଲେ, ମନୁଷ୍ୟମାନଙ୍କ ଆଜ୍ଞା ଅପେକ୍ଷା ବରଂ ଈଶ୍ୱରଙ୍କ ଆଜ୍ଞା ପାଳନ କରିବା କର୍ତ୍ତବ୍ୟ ।'' ପ୍ରେରିତ ୫:୨୯

# ଯୀଶୁଙ୍କର ଅନୁଗାମୀମାନଙ୍କୁ ଜଗତ ଘୃଣା କରେ

''ଯଦି ଜଗତ ତୁମ୍ଭମାନଙ୍କୁ ଘୃଣା କରେ, ତେବେ ତୁମ୍ଭମାନଙ୍କୁ ଘୃଣା କରିବା ପୂର୍ବେ ତାହା ଯେ ମୋତେ ଘୃଣା କରିଅଛି, ଏହା ଜାଣ । ଯଦି ତୁମ୍ଭେମାନେ ଜଗତରୁ ଉତ୍ପନ୍ନ ହୋଇଥାଆନ୍ତ, ତେବେ ଜଗତ ତୁମ୍ଭମାନଙ୍କୁ ଆପଣାର ଲୋକ ଜାଣି ସ୍ନେହ କରନ୍ତା; କିନ୍ତୁ ତୁମ୍ଭେମାନେ ଜଗତରୁ ଉତ୍ପନ୍ନ ହୋଇ ନାହଁ, ବରଂ ମୁଁ ତୁମ୍ଭମାନଙ୍କୁ ଜଗତ ମଧ୍ୟରୁ ମନୋନୀତ କରିଅଛି, ଏଥିନିମନ୍ତେ ଜଗତ ତୁମ୍ଭମାନଙ୍କୁ ଘୃଣା କରେ ।'' ଯୋହନ ୧୫:୧୮-୧୯

''ହଁ, ଏପରି ସମୟ ଆସୁଅଛି, ଯେତେବେଳେ ଯେକେହି ତୁମ୍ଭମାନଙ୍କୁ ବଧ କରେ, ସେ ଈଶ୍ୱରଙ୍କ ଉଦ୍ଦେଶ୍ୟରେ ଉପାସନାରୂପ ବଳି ଉତ୍ସର୍ଗ କରୁଅଛି ବୋଲି ମନେ କରିବ । ଆଉ, ସେମାନେ ଏହାସବୁ କରିବେ, କାରଣ ସେମାନେ ପିତାଙ୍କୁ କିମ୍ବା ମୋତେ ଜାଣି ନାହାନ୍ତି ।'' ଯୋହନ ୧୬:୨(ଖ), ୩

''ଦେଖ, ପିତା ଆମ୍ଭମାନଙ୍କୁ କିପ୍ରକାର ପ୍ରେମ ପ୍ରଦାନ କରିଅଛନ୍ତି ଯେ, ଆମ୍ଭେମାନେ ଈଶ୍ୱରଙ୍କ ସନ୍ତାନ ବୋଲି ଖ୍ୟାତ ହେବୁ, ଆଉ ଆମ୍ଭେମାନେ ତାହା ହିଁ ଅଟୁ । ଏଥିସକାଶେ ଜଗତ ଆମ୍ଭମାନଙ୍କୁ ଚିହ୍ନେ ନାହିଁ, କାରଣ ତାହା ତାହାଙ୍କୁ ଚିହ୍ନି ନ ଥିଲା ।'' ୧ ଯୋହନ ୩:୧

''ଅନେକ କ୍ଳେଶ ମଧ୍ୟଦେଇ ଆମ୍ଭମାନଙ୍କୁ ଈଶ୍ୱରଙ୍କ ରାଜ୍ୟରେ ପ୍ରବେଶ କରିବାକୁ ହେବ ।'' ପ୍ରେରିତ ୧୪:୨୨(ଖ)

''ପ୍ରକୃତରେ ଯେଉଁମାନେ ଖ୍ରୀଷ୍ଟ ଯୀଶୁଙ୍କ ସହଭାଗିତାରେ ଧର୍ମଜୀବନ ଯାପନ କରିବାକୁ ଇଚ୍ଛା କରନ୍ତି, ସେମାନେ ତାଡ଼ନା ଭୋଗ କରିବେ ।'' ୨ ତୀମଥି ୩:୧୨

''ଜଗତରେ ତୁମ୍ଭମାନଙ୍କ ନିମନ୍ତେ କ୍ଳେଶ ଅଛି, କିନ୍ତୁ ସାହସ ଧର; ମୁଁ ଜଗତକୁ ଜୟ କରିଅଛି ।'' ଯୋହନ ୧୬:୩୩(ଖ)

''ମୁଁ ସେମାନଙ୍କୁ ତୁମ୍ଭର ବାକ୍ୟ ଦାନ କରିଅଛି, ଆଉ ଜଗତ ସେମାନଙ୍କୁ ଘୃଣା କରିଅଛି, କାରଣ ମୁଁ ଯେପରି ଏ ଜଗତରୁ ଉତ୍ପନ୍ନ ନୁହେଁ, ସେମାନେ ସେହିପରି ଏହି ଜଗତରୁ ଉତ୍ପନ୍ନ ନୁହନ୍ତି ।'' ଯୋହନ ୧୭:୧୪

''ତୁମ୍ଭମାନଙ୍କ ସମସ୍ତ ଚିନ୍ତାର ଭାର ତାହାଙ୍କ ଉପରେ ପକାଅ, କାରଣ ସେ ତୁମ୍ଭମାନଙ୍କ ନିମନ୍ତେ ଚିନ୍ତା କରନ୍ତି ।''
୧ ପିତର ୫:୭

''ତୁମ୍ଭେ ଭୟ କର ନାହିଁ, କାରଣ ଆମ୍ଭେ ତୁମ୍ଭ ସଙ୍ଗରେ ଅଛୁ; ନିରାଶ ହୁଅ ନାହିଁ, କାରଣ ଆମ୍ଭେ ତୁମ୍ଭର ପରମେଶ୍ୱର; ଆମ୍ଭେ ତୁମ୍ଭକୁ ସବଳ କରିବା; ହଁ, ଆମ୍ଭେ ତୁମ୍ଭର ସାହାଯ୍ୟ କରିବା ।'' ଯିଶାଇୟ ୪୧:୧୦

''କାରଣ ମୋହର ପିତା ଓ ମୋହର ମାତା ମୋତେ ପରିତ୍ୟାଗ କରିଅଛନ୍ତି, ମାତ୍ର ସଦାପ୍ରଭୁ ମୋତେ ଉଠାଇ ନେବେ ।'' ଗୀତ. ୨୭:୧୦

''ଅତଏବ ଆମ୍ଭେମାନେ ସାହସପୂର୍ବକ କହିପାରୁ, ପ୍ରଭୁ ମୋହର ସହାୟ, ମୁଁ ଭୟ କରିବି ନାହିଁ; ମନୁଷ୍ୟ ମୋର କ'ଣ କରିବ ?'' ଏବ୍ରୀ. ୧୩:୬

''ଯଦି ତୁମ୍ଭେମାନେ ଖ୍ରୀଷ୍ଟଙ୍କ ନାମ ସକାଶେ ନିନ୍ଦିତ ହୁଅ, ତାହା ହେଲେ ତୁମ୍ଭେମାନେ ଧନ୍ୟ, କାରଣ ଗୌରବ-ମୟ ଆତ୍ମା, ଅର୍ଥାତ୍ ଈଶ୍ୱରଙ୍କ ଆତ୍ମା, ତୁମ୍ଭମାନଙ୍କଠାରେ ଅଧିଷ୍ଠାନ କରୁଅଛନ୍ତି ।'' ୧ ପିତର ୪:୧୪

''କାରଣ ସେ ତୁମର ସବୁ ଗତିରେ ତୁମ୍ଭକୁ ରକ୍ଷା କରିବା ପାଇଁ ଆପଣା ଦୂତଗଣକୁ ତୁମ୍ଭ ବିଷୟରେ ଆଜ୍ଞା ଦେବେ ।''
ଗୀତ. ୯୧:୧୧

''ଏଣୁ ମୁଁ ମୃତ୍ୟୁଚ୍ଛାୟାରୂପ ଉପତ୍ୟକା ଦେଇ ଗମନ କଲେହେଁ କୌଣସି ଆପଦକୁ ଭୟ କରିବି ନାହିଁ; କାରଣ ତୁମ୍ଭେ ମୋହର ସହବର୍ତ୍ତୀ, ତୁମ୍ଭର ପାଞ୍ଚଣ ଓ ତୁମ୍ଭର ବାଡ଼ି ମୋତେ ସାନ୍ତ୍ୱନା ଦିଅନ୍ତି ।'' ଗୀତ. ୨୩:୪

''... ଈଶ୍ୱର ବିଶ୍ୱାସ୍ୟ, ସେ ତୁମ୍ଭମାନଙ୍କୁ କୌଣସି ଅସହ୍ୟ ପରୀକ୍ଷାରେ ପରୀକ୍ଷିତ ହେବାକୁ ଦେବେ ନାହିଁ, ମାତ୍ର ଯେପରି ତୁମ୍ଭେମାନେ ସହ୍ୟ କରି ପାର, ଏଥିପାଇଁ ପରୀକ୍ଷା ଘଟିବା ସଙ୍ଗେ ସଙ୍ଗେ ସେ ଉଦ୍ଧାରର ପଥ ମଧ୍ୟ ପ୍ରସ୍ତୁତ କରିବେ ।'' ୧ କରିନ୍ଥୀ ୧୦:୧୩

''ଅତଏବ ଆସ, କୃପାପ୍ରାପ୍ତି ନିମନ୍ତେ ପୁଣି ଉପଯୁକ୍ତ ସମୟରେ ଉପକାରକ ଅନୁଗ୍ରହ ପାଇବା ନିମନ୍ତେ ଆମ୍ଭେମାନେ ସାହସରେ ଅନୁଗ୍ରହ ସିଂହାସନ ନିକଟକୁ ଯାଉ ।'' ଏବ୍ରୀ ୪:୧୬

''କିନ୍ତୁ ସେ ଯେପରି ଜ୍ୟୋତିର୍ନିବାସୀ, ଆମ୍ଭେମାନେ ଯଦି ସେହିପରି ଜ୍ୟୋତିରେ ଆଚରଣ କରୁ, ତେବେ ଆମ୍ଭମାନଙ୍କର ପରସ୍ପର ସହଭାଗିତା ଅଛି, ପୁଣି ତାହାଙ୍କ ପୁତ୍ର ଯୀଶୁଙ୍କ ରକ୍ତ ସମସ୍ତ ପାପରୁ ଆମ୍ଭମାନଙ୍କୁ ପରିଷ୍କାର କରେ ।'' ୧ ଯୋହନ ୧:୭

''କିନ୍ତୁ ତୁମ୍ଭେ ଯୌବନକାଳର ଅଭିଳାଷରୁ ପଳାୟନ କରି, ଯେଉଁମାନେ ଶୁଚି ହୃଦୟରେ ପ୍ରଭୁଙ୍କ ନିକଟରେ ପ୍ରାର୍ଥନା କରନ୍ତି, ସେମାନଙ୍କ ସହିତ ଧାର୍ମିକତା, ବିଶ୍ୱାସ, ପ୍ରେମ ଓ ଶାନ୍ତିର ଅନୁଗାମୀ ହୁଅ ।'' ୨ ତୀମଥି ୨:୨୨

''ସେହି ପ୍ରକାରେ ତୁମ୍ଭେମାନେ ମଧ୍ୟ ଆପଣା ଆପଣାକୁ ପାପ ପ୍ରତି ମୃତ, କିନ୍ତୁ ଖ୍ରୀଷ୍ଟ ଯୀଶୁଙ୍କ ସହଭାଗିତାରେ ଥାଇ ଈଶ୍ୱରଙ୍କ ପ୍ରତି ଜୀବିତ ବୋଲି ଗଣନା କର ।'' ରୋମୀ ୬:୧୧

''ଅତଏବ ତୁମ୍ଭେମାନେ ଈଶ୍ୱରଙ୍କର ବଶୀଭୂତ ହୁଅ; ଶୟତାନକୁ ପ୍ରତିବାଧା କର, ତାହାହେଲେ ସେ ତୁମ୍ଭମାନଙ୍କ ନିକଟରୁ ପଳାଇଯିବ ।'' ଯାକୁବ ୪:୭

''ମୁଁ ଯେପରି ତୁମ୍ଭ ବିରୁଦ୍ଧରେ ପାପ ନ କରେ, ଏଥିପାଇଁ ମୁଁ ଆପଣା ହୃଦୟ ମଧ୍ୟରେ ତୁମ୍ଭର ବାକ୍ୟ ସଞ୍ଚୟ କରି ରଖିଅଛି ।'' ଗୀତ. ୧୧୯:୧୧

''କାରଣ ତୁମ୍ଭମାନଙ୍କଠାରେ ଯେ ଅଛନ୍ତି, ସେ ଜଗତରେ ଯେ ଅଛି, ତାହାଠାରୁ ମହାନ ।'' ୧ ଯୋହନ ୪:୪(ଖ)

''ମୋ' ଅନ୍ତଃକରଣ ତୁମ୍ଭଙ୍କୁ କହିଲା, ସଦାପ୍ରଭୋ, ମୁଁ ତୁମ୍ଭର ମୁଖ ଅନ୍ୱେଷଣ କରିବି । ହେ ଲୋକମାନେ, ସବୁବେଳେ ତାହାଙ୍କଠାରେ ନିର୍ଭର କର; ତାହାଙ୍କ ଛାମୁରେ ମନର ସବୁ କଥା ଭାଙ୍ଗି କୁହ; ପରମେଶ୍ୱର ଆମ୍ଭମାନଙ୍କ ନିମନ୍ତେ ଆଶ୍ରୟ ।'' ଗୀତ. ୨୭:୮, ୬୨:୮

''ହେ ସଦାପ୍ରଭୁ, ମୋତେ ସୁସ୍ଥ କର, ତହିଁରେ ମୁଁ ସୁସ୍ଥ ହେବି, ମୋତେ ପରିତ୍ରାଣ କର, ତହିଁରେ ମୁଁ ପରିତ୍ରାଣ ପାଇବି; କାରଣ ତୁମ୍ଭେ ମୋର ପ୍ରଶଂସାଭୂମି ।'' ଯିରିମିୟ ୧୭:୧୪

''ନିରନ୍ତର ପ୍ରାର୍ଥନା କର; ସବୁ ଅବସ୍ଥାରେ ଧନ୍ୟବାଦ ଦିଅ; କାରଣ ତୁମ୍ଭମାନଙ୍କ ବିଷୟରେ ଖ୍ରୀଷ୍ଟ ଯୀଶୁଙ୍କଠାରେ ଏହା ଈଶ୍ୱରଙ୍କ ଅଭିମତ ।''୧ ଥେସଲନୀକୀ ୫:୧୭,୧୮

''କିନ୍ତୁ ତୁମ୍ଭମାନଙ୍କ ମଧ୍ୟରୁ ଯେବେ କାହାରି ଜ୍ଞାନର ଅଭାବ ଥାଏ, ତେବେ ଯେଉଁ ଈଶ୍ୱର ଦୋଷ ନ ଧରି ମୁକ୍ତ ହସ୍ତରେ ସମସ୍ତଙ୍କୁ ଦାନ କରନ୍ତି, ତାହାଙ୍କ ଛାମୁରେ ସେ ପ୍ରାର୍ଥନା କରୁ, ସେଥିରେ ତାହାକୁ ଦିଆଯିବ ।''ଯାକୁବ ୧:୫

''ଯଦି ତୁମ୍ଭେମାନେ ମୋ'ଠାରେ ରୁହ ଆଉ ମୋହର ବାକ୍ୟ ତୁମ୍ଭମାନଙ୍କଠାରେ ରୁହେ, ତାହାହେଲେ ଯେକୌଣସି ବିଷୟ ଇଚ୍ଛା କର, ତାହା ମାଗ, ଆଉ ତୁମ୍ଭମାନଙ୍କ ନିମନ୍ତେ ତାହା ସାଧିତ ହେବ ।'' ଯୋହନ ୧୫:୭

''ମୁଁ ସଦାପ୍ରଭୁଙ୍କର ଅନ୍ୱେଷଣ କଲି ଓ ସେ ମୋତେ ଉତ୍ତର ଦେଲେ, ପୁଣି ମୋହର ସବୁ ଭୟରୁ ମୋତେ ଉଦ୍ଧାର କଲେ ।'' ଗୀତ ୩୪:୪

''ଯେବେ ମୁଁ ମନ ମଧ୍ୟରେ ଅଧର୍ମକୁ ଆଦର କରେ, ତେବେ ପ୍ରଭୁ ମୋ' କଥା ଶୁଣିବେ ନାହିଁ; ହେ ସଦାପ୍ରଭୋ, ଆପଣା ନାମ ସକାଶୁ ମୋହର ଅପରାଧ କ୍ଷମା କର ।'' ଗୀତ ୬୬:୧୮, ୨୫:୧୧

''କିନ୍ତୁ ସମସ୍ତ ବିଷୟରେ ପ୍ରାର୍ଥନା ଓ ବିନତି ଦ୍ୱାରା ଧନ୍ୟବାଦ ସହ ତୁମ୍ଭମାନଙ୍କର ନିବେଦନସବୁ ଈଶ୍ୱରଙ୍କ ନିକଟରେ ଜଣାଅ ।'' ଫିଲିପ୍ପୀ ୪:୬(ଖ)

''କାରଣ ପ୍ରଭୁ ଆପେ ଆଦେଶ ଦେଇ ପ୍ରଧାନ ଦୂତଙ୍କ ସ୍ୱର ଓ ଈଶ୍ୱରଙ୍କ ତୂରୀବାଦ୍ୟ ସହିତ ସ୍ୱର୍ଗରୁ ଅବତରଣ କରିବେ, ସେଥିରେ ଯେଉଁମାନେ ଖ୍ରୀଷ୍ଟଙ୍କଠାରେ ଥାଇ ମରି– ଅଛନ୍ତି, ସେମାନେ ପ୍ରଥମରେ ଉଠିବେ; ପରେ ଆମ୍ଭେମାନେ ଯେତେ ଲୋକ ଜୀବିତ ରହି ଅବଶିଷ୍ଟ ଥିବୁ, ପ୍ରଭୁଙ୍କ ସହିତ ସାକ୍ଷାତ କରିବା ନିମନ୍ତେ ଆମ୍ଭେମାନେ ସେମାନଙ୍କ ସହ ମେଘମାଳାରେ ଶୂନ୍ୟମଣ୍ଡଳକୁ ନୀତ ହେବୁ; ଏହି ପ୍ରକାରେ ଆମ୍ଭେମାନେ ସର୍ବଦା ପ୍ରଭୁଙ୍କ ସହିତ ରହିବୁ ।''

୧ ଥେସଲନୀକୀ ୪:୧୬, ୧୭

''ଅତଏବ, ହେ ପ୍ରିୟମାନେ, ଏହି ସମସ୍ତ ପ୍ରତିଜ୍ଞା ପ୍ରାପ୍ତ ହେବାରୁ ଆସ, ଶରୀର ଓ ଆତ୍ମାର ସମସ୍ତ ଅଶୁଚିତାରୁ ଆପଣା ଆପଣାକୁ ଶୁଚି କରୁ, ପୁଣି ଈଶ୍ୱରଙ୍କୁ ଭୟ କରି ପବିତ୍ରତାରେ ସିଦ୍ଧ ହେଉ ।'' ୨ କରିନ୍ଥୀ ୭:୧

''ଅତଏବ, ହେ ବତ୍ସଗଣ, ତାହାଙ୍କଠାରେ ରୁହ, ଯେପରି ସେ ଯେତେବେଳେ ପ୍ରକାଶିତ ହେବେ, ସେତେବେଳେ ତାହାଙ୍କ ଆଗମନ ସମୟରେ ତାହାଙ୍କ ଛାମୁରେ ଆମ୍ଭେମାନେ ଲଜ୍ଜିତ ନ ହୋଇ ସାହସ ପ୍ରାପ୍ତ ହେବା ।''

୧ ଯୋହନ ୨:୨୮

''ତୁମ୍ଭେମାନେ ମଧ୍ୟ ଧୈର୍ଯ୍ୟ ଧରି ଆପଣା ଆପଣା ହୃଦୟକୁ ସୁସ୍ଥିର କର, କାରଣ ପ୍ରଭୁଙ୍କ ଆଗମନ ନିକଟବର୍ତ୍ତୀ । ହେ ଭାଇମାନେ, ତୁମ୍ଭେମାନେ ଯେପରି ଦଣ୍ଡପ୍ରାପ୍ତ ନ ହୁଅ, ଏଥିନିମନ୍ତେ ପରସ୍ପର ବିରୁଦ୍ଧରେ ବଚସା ନ କର; ଦେଖ, ବିଚାରକର୍ତ୍ତା ଦ୍ୱାର ନିକଟରେ ଦଣ୍ଡାୟମାନ ହୋଇଅଛନ୍ତି ।''

ଯାକୁବ ୫:୮, ୯

''ତୁମ୍ଭେମାନେ ମଧ୍ୟ ପ୍ରସ୍ତୁତ ହୋଇଥାଅ, କାରଣ ଯେଉଁ ଦଣ୍ଡରେ ତୁମ୍ଭେମାନେ ମନେ କରୁ ନ ଥିବ, ସେହି ଦଣ୍ଡରେ ମନୁଷ୍ୟପୁତ୍ର ଆସିବେ ।'' ଲୂକ ୧୨:୪୦

# ଈଶ୍ୱରଙ୍କ ଆତ୍ମାରେ ପୂର୍ଣ୍ଣ ହୁଅ

ମୋ' ଅନୁଯୋଗରେ ମନ ଫେରାଅ; ଦେଖ, ମୁଁ ତୁମ୍ଭମାନଙ୍କ ଉପରେ ଆପଣା ଆତ୍ମା ଢାଳି ଦେବି, ମୁଁ ଆପଣା ବାକ୍ୟସବୁ ତୁମ୍ଭମାନଙ୍କୁ ଜଣାଇବି ।

ହିତୋପଦେଶ ୧:୨୩ ।

ମନପରିବର୍ତ୍ତନ କରନ୍ତୁ, ଆଉ ନିଜ ନିଜ ପାପକ୍ଷମା ନିମନ୍ତେ ପ୍ରତ୍ୟେକ ଜଣ ଯୀଶୁ ଖ୍ରୀଷ୍ଟଙ୍କ ନାମରେ ବାପ୍ତିଜିତ ହେଉନ୍ତୁ, ତାହାହେଲେ ଆପଣମାନେ ପବିତ୍ରଆତ୍ମାଙ୍କ ଦାନ ପ୍ରାପ୍ତ ହେବେ ।

ପ୍ରେରିତ ୨:୩୮ (ଖ) ।

ଆଉ, ଦ୍ରାକ୍ଷାରସରେ ମତ୍ତ ନ ହୁଅ, ସେଥିରୁ ତ ଅତ୍ୟାଚାର ଜନ୍ମେ, ମାତ୍ର ଆତ୍ମାରେ ପୂର୍ଣ୍ଣ ହୋଇ ଗୀତ ସ୍ତୋତ୍ର ଓ ଆଧ୍ୟାତ୍ମିକ ସଂକୀର୍ତ୍ତନ ଦ୍ୱାରା ପରସ୍ପରକୁ ଉତ୍ସାହ ଦିଅ, ପୁଣି ତୁମ୍ଭମାନଙ୍କ ହୃଦୟରେ ଈଶ୍ୱରଙ୍କ ଉଦ୍ଦେଶ୍ୟରେ ସଂକୀର୍ତ୍ତନ ଓ ଗୀତ ଗାନ କର; ସର୍ବଦା ସର୍ବ ବିଷୟ ନିମନ୍ତେ ଆମ୍ଭମାନଙ୍କ ପ୍ରଭୁ ଯୀଶୁ ଖ୍ରୀଷ୍ଟଙ୍କ ନାମରେ ପିତା ଈଶ୍ୱରଙ୍କୁ ଧନ୍ୟବାଦ ଦିଅ, ଆଉ ଖ୍ରୀଷ୍ଟଙ୍କୁ ଭୟ କରି ପରସ୍ପର ବଶୀଭୂତ ହୁଅ ।

ଏଫିସୀ ୫:୧୮-୨୧ ।

କାରଣ ଇଚ୍ଛା କରିବାକୁ ଓ ସାଧନ କରିବାକୁ ଈଶ୍ୱର ଆପଣା ମଙ୍ଗଳମୟ ସଙ୍କଳ୍ପର ସାଫଲ୍ୟ ନିମନ୍ତେ ତୁମ୍ଭମାନଙ୍କ ଅନ୍ତରରେ କାର୍ଯ୍ୟ କରନ୍ତି ।

ଫିଲିପପୀ ୨:୧୩ ।

ତୁମ୍ଭେମାନେ କି ଜାଣ ନାହିଁ ଯେ, ତୁମ୍ଭେମାନେ ଈଶ୍ୱରଙ୍କ ମନ୍ଦିର, ଆଉ ଈଶ୍ୱରଙ୍କ ଆତ୍ମା ତୁମ୍ଭମାନଙ୍କ ଅନ୍ତରରେ ବାସ କରନ୍ତି; କାରଣ ତୁମ୍ଭେମାନେ ବିଶେଷ ମୂଲ୍ୟରେ କିଣା ଯାଇଅଛ; ଏଣୁ ତୁମ୍ଭମାନଙ୍କ ଶରୀରରେ ଈଶ୍ୱରଙ୍କ ଗୌରବ ପ୍ରକାଶ କର ।

୧ମ କରିନ୍ଥୀ ୩:୧୬; ୬:୨୦ ।

ପୁଣି, ସମସ୍ତେ ପବିତ୍ରଆତ୍ମାରେ ପରିପୂର୍ଣ୍ଣ ହୋଇ ସାହସରେ ଈଶ୍ୱରଙ୍କ ବାକ୍ୟ କହିବାକୁ ଲାଗିଲେ ।

ପ୍ରେରିତ ୪:୩୧ (ଖ) ।

Published in numerous languages by World Missionary Press, Inc. as God supplies funds in answer to prayer. If you would like more copies for prayerful distribution, specify which language(s) you need and how many booklets.

For more information or to request a free Bible study, please write to:

**WMP**
**India Bible Literature**
**67 Beracah Road**
**Kilpauk**
**Chennai 600 010**

Read booklets online or by App
www.wmp-readonline.org

ଦ୍ୱାରା ସଂକଳିତ

www.wmpress.org

6-17

1564 Odia (Oriya) HKG